ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ 25

PARYABEKHYAK

ପର୍ଯ୍ୟବେକ୍ଷକ

Vol.26 . No.145 Bhubaneswar Saturday July 15 2023 | ୨୬ତମ ବର୍ଷ ସଂଖ୍ୟା-୧୪୫ ଭୁବନେଶ୍ୱର, ଶନିବାର, ଜୁଲାଇ ୧୫, ୨୦୨୩ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) Member-INS

## ଇତିହାସ ରଚିଲା ଇସ୍‌ରୋ, ଚନ୍ଦ୍ରଯାନ-୩ର ସଫଳ ଉତକ୍ଷେପଣ

ନୂଆଦିଲ୍ଲୀ,୧୪।୭(ପି.ଏନ): ଚନ୍ଦ୍ରପୃଷ୍ଠକୁ ଯାତ୍ରା ଆରମ୍ଭ କଲା ଚନ୍ଦ୍ରଯାନ-୩। ଇସ୍‌ରୋର ବହୁ ପ୍ରତୀକ୍ଷିତ ମୁନ୍ ମିଶନ ଚନ୍ଦ୍ରଯାନ-୩ର ଉତକ୍ଷେପଣ ସଫଳ ହୋଇଛି। ଆନ୍ଧ୍ରପ୍ରଦେଶର ଶ୍ରୀହରିକୋଟା ସତୀଶ ଧାବନ ଦ୍ୱିତୀୟ ଲଞ୍ଚ ପ୍ୟାଡରୁ ରକେଟର ଉତକ୍ଷେପଣ କରାଯାଇଛି। ପୂର୍ବ ନିର୍ଦ୍ଧାରିତ ସମୟ ଅନୁସାରେ ଦିନ ୨ଟା ୩୫ରେ LVM୩-ଏମ୪ ରକେଟ୍ ଯୋଗେ ଉଡାଣ ଭରିଛି ଚନ୍ଦ୍ରଯାନ-୩। ଇସ୍‌ରୋ ସୂଚନା ମୁତାବକ, ଉତକ୍ଷେପଣର ପ୍ରଥମ ଓ ଦ୍ୱିତୀୟ ପର୍ଯ୍ୟାୟ ସଫଳ ହୋଇଛି। ଭୂପୃଷ୍ଠ ଛାଡିବାର ୧୬ ମିନିଟ ପରେ ୧୮୦ କିଲୋମିଟର ଉଚ୍ଚତାରେ ନିର୍ଦ୍ଧାରିତ କକ୍ଷପଥରେ ଅବସ୍ଥାପିତ



ହୋଇଛି। ଆସନ୍ତା ଅଗଷ୍ଟ ୨୩ କିମ୍ବା ୨୪ରେ ବିକ୍ରମ ଲ୍ୟାଣ୍ଡରର ସଫ୍ଟ ଲ୍ୟାଣ୍ଡିଂ ହେବ, ଯାହା ଉପରେ ପୁରା ବିଶ୍ୱର ନଜର। ଚନ୍ଦ୍ରର ଦକ୍ଷିଣ ମେରୁ ନିକଟରେ ଲ୍ୟାଣ୍ଡିଂ ପାଇଁ ସ୍ଥାନ ଚୟନ କରିଛି ଇସ୍‌ରୋ। ଅବତରଣ ସଫଳ ହେଲେ ଚନ୍ଦ୍ରପୃଷ୍ଠରେ ପାଦ ଥାପିବାରେ ଭାରତ ବିଶ୍ୱର ଚତୁର୍ଥ ଦେଶ ଭାବେ ପରିଗଣିତ ହେବ।

## ବାହାନଗା ଟ୍ରେନ୍ ଟ୍ରାଜେଡି : ଜେଲ୍ ଗଲେ ୩ ଅଭିଯୁକ୍ତ

ଭୁବନେଶ୍ୱର, ୧୪।୭(ପି.ଏନ): ବାହାନଗା ଟ୍ରେନ୍ ଟ୍ରାଜେଡି ଘଟଣାରେ ଝାରପଡ଼ା ଜେଲ୍ ଯାଇଛନ୍ତି ଗିରଫ ୩ ଅଭିଯୁକ୍ତ। ଶୁକ୍ରବାର ଦିନ ସେମାନଙ୍କ ରିମାଣ୍ଡ ଅବଧି ଶେଷ ହୋଇଥିବା ବେଳେ ସେମାନଙ୍କୁ କୋର୍ଟରେ ହାଜର କରାଯାଇଥିଲା। ସିବିଆଇ ସେମାନଙ୍କୁ ଆଉ ଥରେ ରିମାଣ୍ଡରେ ନେବାକୁ ଆବେଦନ କରି ନଥିବାରୁ ଅଭିଯୁକ୍ତମାନଙ୍କୁ ଜେଲ୍ ପଠାଇ ଦିଆଯାଇଛି। ଜୁଲାଇ ୨୭ରେ ମାମଲାର ପରବର୍ତ୍ତୀ ଶୁଣାଣି ହେବ। ସୂଚନାଯୋଗ୍ୟ ଯେ ଗତ ଜୁନ୍ ୨ ତାରିଖରେ ଘଟିଥିବା ବାହାନଗା ଟ୍ରେନ୍ ଦୁର୍ଘଟଣାରେ ସିନିୟର ସେକ୍ସନ ଇଞ୍ଜିନିୟର ଅରୁଣ ମହାନ୍ତ, ସେକ୍ସନ ଇଞ୍ଜିନିୟର ମହମ୍ମଦ ଅମୀର ଖାନ୍ ଓ ଟେକ୍ନିସିଆନ ପପୁ କୁମାରଙ୍କୁ ଗିରଫ କରିଥିଲା ସିବିଆଇ। ପୂର୍ବରୁ ସେମାନଙ୍କୁ ସିବିଆଇ ୫ ଦିନିଆ ରିମାଣ୍ଡରେ ନେଇଥିଲା ବେଳେ ଦ୍ୱିତୀୟ ଥର ପାଇଁ ସେମାନଙ୍କୁ ୪ ଦିନିଆ ରିମାଣ୍ଡରେ ନେଇଥିଲା। ସୂଚନାଯୋଗ୍ୟ, ବାହାନଗା ଟ୍ରେନ୍ ଦୁର୍ଘଟଣାରେ ୨୯୩ ଜଣଙ୍କ ମୃତ୍ୟୁ ଘଟିଥିଲା ବେଳେ ୧୦୦୦ରୁ ଊର୍ଦ୍ଧ୍ୱ ଲୋକ ଆହତ ହୋଇଥିଲେ।

## ଜିପ୍ ଦୁର୍ଘଟଣା : ୫ ମୃତ

ମଣ୍ଡି, ୧୪।୭(ପି.ଏନ): ହିମାଚଳ ପ୍ରଦେଶର ମଣ୍ଡି ଜିଲ୍ଲାର ସୁନ୍ଦରନଗରରେ ଏକ ଜିପ୍ ଦୁର୍ଘଟଣାଗ୍ରସ୍ତ ହେବା ଫଳରେ ଘଟଣାସ୍ଥଳରେ ୫ ଜଣଙ୍କ ମୃତ୍ୟୁ ଘଟିଛି। ଏହି ଦୁର୍ଘଟଣାରେ ଅନ୍ୟ ୪ ଜଣ ଗୁରୁତର ଭାବେ ଆହତ ହୋଇଛନ୍ତି। ଗୁରୁବାର ବିଳମ୍ବିତ ରାତିରେ ଘିଡି ଗ୍ରାମପଂଚାୟତ ଅନ୍ତର୍ଗତ କୁଶଳା ଅଂଚଳରେ ଏହି ଦୁର୍ଘଟଣା ଘଟିଛି। ପୋଲିସ ସୂତ୍ରରୁ ପ୍ରାପ୍ତ ସୂଚନା ମୁତାବକ, ବୋଲେରୋ ନଂ ଏଚପି୩୧-୮୩୪୯ ଯୋଗେ ଏମାନେ ମଣ୍ଡି ଜିଲ୍ଲାର ପ୍ରସିଦ୍ଧ ମନ୍ଦିର କମରୁନାଗ ଦର୍ଶନ କରି ଫେରୁଥିବା ବେଳେ ଏହି ଦୁର୍ଘଟଣା ଘଟିଛି। ଦୁର୍ଘଟଣା ପରେ ଚାଳକ ସେଠାରୁ ଫେରାର୍ ହୋଇଯାଇଛି।

## ଅର୍ଥ ବିଭାଗ ହାତେଇଲେ ଉପ-ମୁଖ୍ୟମନ୍ତ୍ରୀ ଅଜିତ ପାୱାର

ନୂଆଦିଲ୍ଲୀ,(ପି.ଏନ): ମହାରାଷ୍ଟ୍ର ସରକାରରେ ସାମିଲ ହୋଇ ମନ୍ତ୍ରୀ ହୋଇଥିବା ଅଜିତ ପାୱାର ଓ ଅନ୍ୟ ୮ ଏନ୍‌ସିପି ନେତାଙ୍କ ମଧ୍ୟରେ ଆଜି ବିଭାଗ ବଣ୍ଟନ କରାଯାଇଛି। ଉପ-ମୁଖ୍ୟମନ୍ତ୍ରୀ ଅଜିତ ପାୱାରଙ୍କୁ ଗୁରୁତ୍ୱପୂର୍ଣ୍ଣ ଅର୍ଥ ବିଭାଗ ଦିଆଯାଇଛି। ତା'ସହିତ ତାଙ୍କୁ ଯୋଜନା ବିଭାଗ ଦିଆଯାଇଛି।ଛଗନ ଭୁଜବଳଙ୍କୁ ଖାଦ୍ୟ ଯୋଗାଣ ଓ ଖାଉଟି ସୁରକ୍ଷା ବିଭାଗ ଦିଆଯାଇଥିବା ବେଳେ ଧରମରାଓ ବାବା ଅତରମଙ୍କୁ ଔଷଧ ଓ ପ୍ରଶାସନ, ଦିଲୀପ ବଲସେ ପାଟିଲଙ୍କୁ ସମବାୟ, ଧନଞ୍ଜୟ ମୁଣ୍ଡେଙ୍କୁ କୃଷି, ହାସନ ମୁଶରିଫଙ୍କୁ ଡାକ୍ତରୀ ଶିକ୍ଷା, ଅନୀଲ ପାଟିଲଙ୍କୁ ରିଲିଫ ଓ ଥଇଥାନ ସହିତ ବିପର୍ଯ୍ୟୟ ପରିଚାଳନା ବିଭାଗ ଦିଆଯାଇଛି। ସେହିପରି ମନ୍ତ୍ରୀ ଅଦିତି ତାଟକାରେଙ୍କୁ ଶିଶୁ କଲ୍ୟାଣ ବିଭାଗ



ଦିଆଯାଇଥିବା ବେଳେ ସଞ୍ଜୟ ବନସୋଡଙ୍କୁ କ୍ରୀଡ ଓ ଯୁବ କଲ୍ୟାଣ ବିଭାଗ ଦିଆଯାଇଛି।ଜୁଲାଇ ୨ ତାରିଖରୁ ଅଜିତ ପାୱାର ଉପ-ମୁଖ୍ୟମନ୍ତ୍ରୀ ଓ ଅନ୍ୟମାନେ ମନ୍ତ୍ରୀ ଭାବେ ଶପଥ ନେଇ ସାରିଥିବା ବେଳେ ସେମାନଙ୍କ ମଧ୍ୟରେ ବିଭାଗ ବଣ୍ଟନ ହୋଇନଥିଲା। ବିଭାଗ ବଣ୍ଟନ ନେଇ ଟଣାଓଟରା ଚାଲିଥିଲା ବୋଲି ଖବର ଆସିଥିଲା। କାରଣ ଅଜିତ ପାୱାର କାଳେ ତାଙ୍କ ପାଇଁ ଅର୍ଥ ବିଭାଗ ଦାବି କରିଥିଲେ। ସେହିଭଳି ତାଙ୍କ ଦଳର ଅନ୍ୟ ସଦସ୍ୟଙ୍କ ପାଇଁ ଖାଦ୍ୟ ଯୋଗାଣ ଓ ଖାଉଟି ସୁରକ୍ଷା ସହିତ ଆଉ କିଛି ଗୁରୁତ୍ୱପୂର୍ଣ୍ଣ ବିଭାଗ ଦାବି କରିଥିଲେ। ସେ ତାଙ୍କ ଜିଦ୍‌ରେ ଅଟଳ ରହିବାରୁ ବିଭାଗ ବଣ୍ଟନରେ ବିଳମ୍ବ ହେଲା ବୋଲି କୁହାଯାଉଛି।

## ୫ ଦିନ ଧରି ପ୍ରବଳ ବର୍ଷିବ !

ଭୁବନେଶ୍ୱର,୧୪।୭(ପି.ଏନ): ଆଗାମୀ ୫ ଦିନ ଧରି ରାଜ୍ୟରେ ଅଧିକାଂଶ ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଏହାଛଡା କେତେକ ଜିଲ୍ଲାରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହୋଇପାରେ। ସେଥିପାଇଁ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ସତର୍କ ସୂଚନା ଜାରି କରିଛି। ପାଣିପାଗ କେନ୍ଦ୍ର ଜାରି କରିଥିବା ବୁଲେଟିନ୍? ଅନୁସାରେ ଶନିବାର ଅର୍ଥାତ ୧୫ ତାରିଖରେ ବାଲେଶ୍ୱର, ମୟୂରଭଞ୍ଜ, କେନ୍ଦୁଝର, ସୁନ୍ଦରଗଡ, ସମ୍ବଲପୁର, ଝାରସୁଗୁଡା,ବରଗଡ, ବଲାଙ୍ଗିର, ନୂଆପଡା ଓ ନବରଙ୍ଗପୁର ଜିଲ୍ଲାରେ କେତେକ ସ୍ଥାନରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଏହି ସବୁ ଜିଲ୍ଲାରେ ୭ରୁ ୧୧ ସେଣ୍ଟିମିଟର ପର୍ଯ୍ୟନ୍ତ ବର୍ଷା ହୋଇପାରେ। ସେଥିପାଇଁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

## କ୍ରାଇମବ୍ରାଞ୍ଚ ଚାର୍ଜସିଟ୍‌କୁ ରଦି କାଗଜ କହିଲେ ସୁରେଶ ପୂଜାରୀ

ଭୁବନେଶ୍ୱର,୧୪।୭(ପି.ଏନ): ପଶ୍ଚିମ ଓଡିଶାର ଟାଣୁଆ ନେତା ନବ କିଶୋର ଦାସ ହତ୍ୟା ମାମଲାରେ କ୍ରାଇମବ୍ରାଞ୍ଚ ଦାଖଲ କରିଥିବା ଚାର୍ଜସିଟ୍?କୁ ରଦି କାଗଜ କହିଲେ ବରଗଡ ସାଂସଦ ସୁରେଶ ପୂଜାରୀ। ଗଣମାଧ୍ୟମକୁ ସୂଚନା ଦେଇ ଶ୍ରୀ ପୂଜାରୀ କହିଛନ୍ତି, ନବ ଦାସ ହତ୍ୟା ମାମଲାର ତଦନ୍ତ ଗୋପାଳ ଦାସଠାରୁ ଆରମ୍ଭ ହୋଇ ଗୋପାଳ ପାଖରେ ଶେଷ ହୋଇଛି। ତଦନ୍ତ ଆରମ୍ଭରୁ ବାଟବଣା ହୋଇଛି। ଆଜି ପର୍ଯ୍ୟନ୍ତ ହତ୍ୟାର ଉଦ୍ଦେଶ୍ୟ ଜଣାପଡୁନି। ହତ୍ୟା କାଣ୍ଡ ସଂପର୍କରେ ଯାହା କୁହାଯାଇଛି ତାହା ପର୍ଯ୍ୟାପ୍ତ ନୁହେଁ ବୋଲି ଶ୍ରୀ ପୂଜାରୀ କହିଛନ୍ତି। ସେ କହିଛନ୍ତି, ଚାର୍ଜସିଟ୍ ତଥ୍ୟ ଅନୁସାରେ ଗାଡି ପାର୍କିଂକୁ ନେଇ ନବ ଦାସ ସମର୍ଥକଙ୍କ ସହ ଗୋପାଳନ ଦାସର ପାଟିତୁଣ୍ଡ ହୋଇଥିଲା। ଏହା



କିନ୍ତୁ ପର୍ଯ୍ୟାପ୍ତ ନୁହେଁ। କେବେ ସେହି ଘଟଣା ଘଟିଥିଲା ସେ ନେଇ କିଛି ଉଲ୍ଲେଖ ନାହିଁ। କେବେ ଛୋଟ ବଚସାକୁ ନେଇ ହତ୍ୟାକାଣ୍ଡ ହୁଏ କି? ହତ୍ୟାକାଣ୍ଡର ସତ୍ୟାସତ୍ୟ ଜାଣିବା ପାଇଁ ଗୋପାଳ ଓ ନବଙ୍କ ମୋବାଇଲ୍? ଟ୍ରାକ୍? କରାଯାଇଥିଲା କି? କଲ୍ ରେକର୍ଡକୁ ତଦନ୍ତ ପରିସରଭୁକ୍ତ କରାଯାଇଥିଲା କି? ନବଙ୍କୁ ଭେଦ କରିଥିବା ଗୁଳି ଏ ଯାଏଁ ମିଳିନି। ଏଥିରୁ ଜଣାପଡୁଛି ତଥ୍ୟ ସଂଗ୍ରହରେ କ୍ରାଇମବ୍ରାଞ୍ଚ ବିଫଳ ହୋଇଛି। ତଦନ୍ତ ସମାଧିସ୍ଥ ହୋଇଛି ବୋଲି ଶ୍ରୀ ପୂଜାରୀ କହିଛନ୍ତି।

## ମୋଦୀ ସରକାର ଟେକ୍ନୋଲୋଜୀକୁ ସମସ୍ତଙ୍କ ପାଇଁ ସର୍ବ ସୁଲଭ କରାଇଲେ:ବୈଷ୍ଣବ

ନୂଆଦିଲ୍ଲୀ, ୧୪।୭(ପି.ଏନ): କେନ୍ଦ୍ରୀୟ ରେଲୱେ, ସଂଚାର , ଇଲୋକ୍ଟ୍ରୋନିକ୍ସ ଏବଂ ସୂଚନା ପ୍ର ସାରଣ ମଂନ୍ତ୍ରୀ ଅଶ୍ୱିନି ବୈଷ୍ଣବ କହିଛନ୍ତି ଟେକ୍ନୋଲୋଜିକୁ ମୋଦୀ ସରକାର ସର୍ବ ସୁଲଭ କରାଇ ଦେଇଛନ୍ତି । ସରକାରଙ୍କର ଏହା ପ୍ରାଥମିକତା ଯେ ଟେକ୍ନୋଲୋଜି କୌଣସି ବ୍ୟକ୍ତି ବିଶେଷ କିମ୍ବା ସଂସ୍ଥାନ ମଧ୍ୟରେ ସୀମିତ ନୁହେଁ

## ରାଜଧାନୀରୁ ନିଖୋଜ ଛାତ୍ର ଉଦ୍ଧାର

ଭୁବନେଶ୍ୱର, ୧୪।୭(ପି.ଏନ): ରାଜଧାନୀରୁ ନିଖୋଜ ଥିବା ସ୍କୁଲ ଛାତ୍ର ୯ ଦିନ ପରେ ଘରକୁ ଫେରିଛନ୍ତି। ନିଖୋଜ ଥିବା ଛାତ୍ର ଯୋଗେଶ ବାଲାଜୀଙ୍କୁ ଉଦ୍ଧାର କରିଛି କମିଶନରେଟ୍ ପୋଲିସ୍। ଯାଜପୁର ଜିଲ୍ଲା ଜେନାପୁର ରେଲୱେ ଷ୍ଟେସନ ନିକଟରୁ ନିଖୋଜ ଛାତ୍ରଙ୍କୁ ଉଦ୍ଧାର କରାଯାଇଥିବା ଜଣାପଡ଼ିଛି। ଗତ ୬ ତାରିଖରେ ୧୬ ବର୍ଷୀୟ ଯୋଗେଶ ଭୁବନେଶ୍ୱର ମୈତ୍ରୀ ବିହାର ସ୍ଥିତ ସ୍କୁଲକୁ ସାଇକେଲ ଯୋଗେ ଯାଉଥିବା ବେଳେ ନିଖୋଜ ହୋଇଯାଇଥିଲେ। ପରିବାର ଲୋକେ ଖୋଜାଖୋଜି କରିଥିଲେ ମଧ୍ୟ ପୁଅର ସନ୍ଧାନ ପାଇ ନଥିଲେ। ଏନେଇ ଯୋଗେଶଙ୍କ ବାପା ମୈତ୍ରୀବିହାର ଥାନାରେ ଦ୍ୱାରସ୍ଥ ହୋଇଥିଲେ। ପରେ ଯୋଗେଶଙ୍କ ବାପା ପାଖକୁ ଏକ ଅଜଣା ନମ୍ବରରୁ ଫୋନ୍ ଆସିଥିଲା। ୩ ଲକ୍ଷ ଟଙ୍କା ଦେଇ ପୁଅକୁ ନେଇଯିବାକୁ କୁହାଯାଇଥିଲା। ଏହି ବିଷୟରେ ଯୋଗେଶଙ୍କ ପିତାମାତା ମୈତ୍ରୀବିହାର ଥାନାରେ ଜଣାଇଥିଲେ। ଗତକାଲି ମଧ୍ୟ ଯୋଗେଶଙ୍କ ବାପା ମା' ମୈତ୍ରୀବିହାର ଥାନା ଆଗରେ ଧାରଣା ଦେଇଥିଲେ। ତେବେ ଆଜି ଜେନାପୁର ରେଲୱେ ଷ୍ଟେସନ ନିକଟରୁ ଯୋଗେଶଙ୍କୁ ଉଦ୍ଧାର କରିଛି ପୋଲିସ। ଯୋଗେଶଙ୍କୁ କିଏ ଅପହରଣ କରିଥିଲା, ନା ଏହା ପଛରେ ଆଉ କିଛି କାରଣ ଅଛି ତାହା ଜଣାପଡ଼ି ନାହିଁ।

## ୨୬ରେ ଦୁଇଦିନିଆ ଓଡିଶା ଗସ୍ତରେ ଓଡିଶା ଆସିବେ ମହାମହିମ ରାଷ୍ଟ୍ରପତି

ଭୁବନେଶ୍ୱର,୧୪।୭(ପି.ଏନ): ଆସନ୍ତା ୨୬ ତାରିଖରେ ଏକ ଦୁଇଦିନିଆ ଓଡିଶା ଗସ୍ତରେ ଆସୁଛନ୍ତି ମହାମହିମ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ । ୨୬ତାରିଖରେ ଓଡିଶା ହାଇକୋର୍ଟର ୭୫ବର୍ଷ ପୂର୍ତ୍ତି ଉତ୍ସବର ଉଦ୍‌ଯାପନୀସମାରୋହରେ ଶ୍ରୀମତୀ ମୁର୍ମୁ ଯୋଗଦେବାର କାର୍ଯ୍ୟକ୍ରମ ରହିଛି । ଏଥିସହିତ ନେତାଜୀ ମ୍ୟୁଜିୟମ ପରିଦର୍ଶନ କରିବାର ମଧ୍ୟ ସ୍ଥିର ହୋଇଛି । ସେହିଭଳି ୨୭ତାରିଖରେ ଶ୍ରୀମତୀ ମୁର୍ମୁ ଭଦ୍ରକ ସ୍ୱୟଂଶାସିତ ମହାବିଦ୍ୟାଳୟର ହୀରକ ଜୟନ୍ତୀ ଉତ୍ସବରେ ଯୋଗ ଦେବେ ।ରାଷ୍ଟ୍ରପତିଙ୍କ ଏହି ଦୁଇଦିନିଆ ଗସ୍ତ ପାଇଁ କଟକ ଓ ଭଦ୍ରକରେ ସୁରକ୍ଷା ବ୍ୟବସ୍ଥାକୁ କଡାକଡି କରାଯାଇଛି । ଏନେଇ ଉଭୟ



ପ୍ରଶାସନ ପକ୍ଷରୁ ବ୍ଲୁ ପ୍ରିଣ୍ଟ ପ୍ରସ୍ତୁତ ହୋଇଥିବା ସୂଚନା ମିଳିଛି । ସୂଚନାଯୋଗ୍ୟ ଯେ ଗତ ମେ ୪ତାରିଖରେ ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ୩ଦିନିଆ ଓଡିଶା ଗସ୍ତରେ ଆସିଥିଲେ । ୪ତାରିଖରେ ସେ ଜନ୍ମମାଟି ରାଇରଙ୍ଗପୁର ଗସ୍ତରେ ଯାଇ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ । ସେହିପରି ୫ତାରିଖରେ ସେ ଶିମିଳିପାଳ ଅଭୟାରଣ୍ୟ ବୁଲିବାକୁ ଯାଇଥିଲେ । ୬ ତାରିଖରେ ଶ୍ରୀମତୀ ମୁର୍ମୁ ବାରିପଦା ମହାରାଜା ଶ୍ରୀରାମଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟର ସମାବର୍ତ୍ତନ ଉତ୍ସବରେ ଯୋଗଦେଇ ଦିଲ୍ଲୀ ଫେରିଯାଇଥିଲେ ।

## ଉତ୍ତରପଶ୍ଚିମ ବଙ୍ଗୋପସାଗରରେ ଆସନ୍ତା ରବିବାର ଘୂର୍ଣ୍ଣିବଳୟ ସୃଷ୍ଟି ସମ୍ଭାବନା, ଓଡ଼ିଶାରେ ସକ୍ରିୟ ହେବ ମୌସୁମୀ

ଭୁବନେଶ୍ୱର,୧୪।୭(ପି.ଏନ): ମୌସୁମୀର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଲାଗିରହିଛି । ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ଆସନ୍ତା ରବିବାର ଉତ୍ତରପଶ୍ଚିମ ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସୃଷ୍ଟି ହେବାର ସମ୍ଭାବନା ରହିଛି । ଏହାର ପ୍ରଭାବରେ ବର୍ଷାର ପରିମାଣ ବଢ଼ିପାରେ । ସେହିଭଳି ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଘଡଘଡି ସହ ବର୍ଷା ହେବା ନେଇ କେନ୍ଦୁଝର, ମୟୂରଭଞ୍ଜ, ଅନୁଗୁଳ, ଢେଙ୍କାନାଳ, କଟକ, ନୟାଗଡ, ଖୋର୍ଦ୍ଧା, ପୁରୀ, ଗଞ୍ଜାମ, ଗଜପତି, ବୌଦ୍ଧ ଓ କନ୍ଧମାଳ ଜିଲ୍ଲାରେ ଘୂର୍ଣ୍ଣିଝଡ ସହ ପ୍ରବଳ ବର୍ଷାର ସମ୍ଭାବନା ଥିବାରୁ ଏହିସବୁ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି ।

## ରକ୍ତ ଜୁଡୁବୁଡୁ ଅବସ୍ଥାରେ ରାସ୍ତାରେ ପଡିଥିଲେ ଯୁବକ

ବଲାଙ୍ଗୀର,୧୪।୭(ପି.ଏନ): ଅଶାନ୍ତ ହୋଇପଡିଲାଣି ବଲାଙ୍ଗିର ସହର। ସକ୍ରିୟ ହୋଇଗଲେଣି ଅପରାଧୀ। ଗତକାଲି ଘରେ ପଶି ଜଣେ ଯୁକ୍ତ ଛାତ୍ରୀଙ୍କୁ ହତ୍ୟା କରିଥିଲେ ଦୁର୍ବୃତ୍ତ। ସେହି ଘଟଣାରକୁ ୨୪ ଘଣ୍ଟା ପୂରିନି ପୁଣି ଜଣେ ଯୁବକଙ୍କୁ ହୋଇଛି ଆକ୍ରମଣ। ଗୁରୁତର ଆହତ ହୋଇଥିବା ଯୁବକ ହେଲେ ସିନ୍ଦୁରବାହାଲ ଗାଁର ଟୁକୁ ଡାଙ୍ଗ। ରକ୍ତ ଜୁଡୁବୁଡୁ ଅବସ୍ଥାରେ ସେ ରାସ୍ତାରେ ପଡିଥିଲେ। ଆଜି ଅପରାହ୍ନରେ ବଲାଙ୍ଗିର ସଦର ଥାନା ସଦେଇପାଲି-ମାଧିଆପାଲି ବାଇପାସ୍? ରାସ୍ତା ମାଝିରେ ରକ୍ତ ଜୁଡୁବୁଡୁ ଅବସ୍ଥାରେ ପଡିଥିଲେ ଟୁକୁ। ସ୍ଥାନୀୟ ଲୋକେ ଦେଖି ପୁଲିସ୍‌କୁ ଖବର ଦେଇଥିଲେ। ପୁଲିସ ତାଙ୍କୁ ଉଦ୍ଧାର କରି ବଲାଙ୍ଗିର ଭୀମଭୋଇ ମେଡିକାଲ କଲେଜ ଆଣ୍ଡ ହସ୍ପିଟାଲରେ ଭର୍ତ୍ତି କରିଥିଲେ। ସେଠାରେ ତାଙ୍କ ସ୍ୱାସ୍ଥ୍ୟ ଅବସ୍ଥା ଗୁରୁତର ହେବାରୁ ବୁର୍ଲା ମେଡିକାଲ୍‌କୁ ସ୍ଥାନାନ୍ତରିତ କରାଯାଇଥିବା ଜଣାପଡିଛି।

## ଯୁକ୍ତ ୩ ନାମଲେଖା ପାଇଁ ପ୍ରଥମ କଟ ଅଫ ମାର୍କ ପ୍ରକାଶିତ

ଭୁବନେଶ୍ୱର, ୧୪।୭(ପି.ଏନ): ଯୁକ୍ତ ୩ରେ ନାମ ଲେଖା ପାଇଁ ଶୁକ୍ରବାର ଦିନ ପ୍ରଥମ ପର୍ଯ୍ୟାୟ କଟ ଅଫ ମାର୍କ ପ୍ରକାଶ ପାଇଛି । ଉଚ୍ଚ ଶିକ୍ଷା ବିଭାଗ ପକ୍ଷରୁ ତାଲିକା ପ୍ରକାଶ ପାଇଥିବା ବେଳେ ଇନଟିଗ୍ରେଟେଡ଼ ବିଏଡ଼ ଥିବା କଲେଜରେ କଟଅଫ ଆଗରେ ରହିଛି । କଳା ଓ ବିଜ୍ଞାନରେ ବିଜେବି ଓ ରେଭେନ୍ସାକୁ ଅନ୍ୟ କଲେଜ ଟପିଥିବାବେଳେ ବିଜ୍ଞାନରେ ପୁରୀ ଏସସିଏସ୍ କଲେଜ କଟ ଅଫରେ ଆଗରେ ରହିଛି । କଳାରେ ବାଲେଶ୍ୱରର ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଓ ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟ ଆଗରେ ରହିଛନ୍ତି ।ପୁରୀ ଏସସିଏସରେ ରସାୟନ ବିଜ୍ଞାନ(୯୪.୫୦ ପ୍ରତିଶତ), ଗଣିତ(୯୪ ପ୍ରତିଶତ), ଉଦ୍ଭିଦ ବିଜ୍ଞାନ(୯୫.୬୦ ପ୍ରତିଶତ), ଏମପିସି ବାରିପଦାରେ ଜୀବ ବିଜ୍ଞାନ(୯୪.୮୩ ପ୍ରତିଶତ) କଟ ଅଫ୍ ରହିଛି । ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଓ ଏମପିସି ସ୍ୱୟଂଶାସିତ ମହାବିଦ୍ୟାଳୟରେ ରାଜନୀତି ବିଜ୍ଞାନ(୯୧.୮୩ ପ୍ରତିଶତ) ରହିଛି । ସେହିପରି ବାଣିଜ୍ୟରେ ରେଭେନ୍ସା ବିଶ୍ୱବିଦ୍ୟାଳୟ(୮୬.୮୩ ପ୍ରତିଶତ), ବିଜେବି ସ୍ୱୟଂଶାସିତ ମହାବିଦ୍ୟାଳୟ(୮୫.୮୩ପ୍ରତିଶତ), ଜେକେବିକେ କଲେଜ(୮୧ ପ୍ରତିଶତ) କଟ ଅଫ ମାର୍କ ରହିଛି ।

## ଇସ୍ରୋ ବୈଜ୍ଞାନିକଙ୍କୁ ଶୁଭକାମନା ଜଣାଇଲେ ନବୀନ

ଭୁବନେଶ୍ୱର, ୧୪।୭(ପି.ଏନ): ଚନ୍ଦ୍ରଯାନ-୩ର ସଫଳ ଉତ୍ କ୍ଷେପଣ ପାଇଁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଟୁଇଟ୍ କରି ଇସ୍ରୋର ବୈଜ୍ଞାନିକମାନଙ୍କୁ ଶୁଭକାମନା ଜଣାଇଛନ୍ତି। ମୁଖ୍ୟମନ୍ତ୍ରୀ ଟୁଇଟ୍ କରି ଲେଖିଛନ୍ତି ଚନ୍ଦ୍ରକୁ ଐତିହାସିକ ଯାତ୍ରା ଦେଶର ମହାକାଶ ଅନୁସନ୍ଧାନ ଏବଂ ବୈଜ୍ଞାନିକ ଅଗ୍ରଗତି ପାଇଁ ଆଉ ଏକ ମହତ୍ତ୍ୱପୂର୍ଣ୍ଣ ଲମ୍ଫ ଅଟେ । ସୂଚନାଯୋଗ୍ୟ ଯେ ଶୁକ୍ରବାର ଅପରାହ୍ନ ୨ ଟା ୩୫ ରେ ଆନ୍ଧ୍ରର ଶ୍ରୀହରିକୋଟାରୁ ଚନ୍ଦ୍ରଯାନ-୩ର ସଫଳ ଉତ୍‌କ୍ଷେପଣ ହୋଇଛି।

## ବନ୍ୟାଜଳରେ ଗାଧୋଉଥିବା ବେଳେ ବୁଡିଗଲେ ୩ ନାବାଳକ

ଭୁବନେଶ୍ୱର,୧୪।୭(ପି.ଏନ): ବନ୍ୟାଜଳରେ ଗାଧୋଉଥିବା ବେଳେ ବୁଡିଗଲେ ୩ ଜଣ ନାବାଳକ। ଘଟଣାଟି ଘଟିଛି ଦିଲ୍ଲୀର ମୁକୁନ୍ଦପୁର ଅଞ୍ଚଳରେ। ମୃତକମାନେ ହେଉଛନ୍ତି ପୀୟୂଷ (୧୩), ନିଖିଲ (୧୦) ଓ ଆଶିଷ (୧୩)। ମୁକୁନ୍ଦପୁର ଅଞ୍ଚଳରେ ଏକ ନିର୍ମାଣାଧୀନ ସ୍ଥାନ ନିକଟରେ ଥିବା ବଡ ଗାତ ବନ୍ୟାଜଳରେ ଭରି ଯାଇଛି। ଆଜି ଅପରାହ୍ନ ପ୍ରାୟ ୩ଟା ବେଳେ ଏହି ତିନି ଜଣ ନାବାଳକ



ଗାଧୋଇବା ଉଦ୍ଦେଶ୍ୟରେ ଉକ୍ତ ବନ୍ୟାଜଳ ଭର୍ତ୍ତି ଉକ୍ତ ଗାତକୁ ଡେଇଁ ପଡିଥିଲେ। ତେବେ ସେମାନେ ସେଥିରେ ବୁଡି ଯାଇଥିଲେ।

## ଆଖୁଆପଦା କେନ୍ଦ୍ରୀୟ ବନ୍ୟା ପୂର୍ବାନୁମାନ କକ୍ଷ ଚଳାଉଛନ୍ତି ୨ ଠିକା କର୍ମଚାରୀ, ବନ୍ୟା ନିୟନ୍ତ୍ରଣ ପାଇଁ ମିଳୁନି ସହଯୋଗ, ବିଭାଗୀୟ ଅଧିକ୍ଷଣ ଯନ୍ତ୍ରୀ ନୀରବଦ୍ରଷ୍ଟା

ଭଦ୍ରକ, ୧୪।୭(ପି.ଏନ): ଆଖୁଆପଦାରେ ଥିବା କେନ୍ଦ୍ରୀୟ 'ବନ୍ୟା ପୂର୍ବାନୁମାନ କକ୍ଷ' ୨ ଜଣ ଠିକା କର୍ମଚାରୀଙ୍କ ପରିଚାଳିତ ହେଉଥିବାରୁ ଅଧୋଗତି ଦେଖାଦେଇଛି। ଦୈନିକ ମାତ୍ର ଏକଘ । ପାଇଁ କକ୍ଷ ଖୋଲାରଖି ଛୁ ମାରୁଛନ୍ତି। ଏହି କକ୍ଷ ବନ୍ୟା ନିୟନ୍ତ୍ରଣ ପାଇଁ ସ୍ଥାନୀୟ ଜଳସମ୍ପଦ କାର୍ଯ୍ୟାଳୟକୁ ସହଯୋଗ କରୁନାହିଁ। ଫଳରେ ଆଖୁଆପଦା ଜଳସମ୍ପଦ କାର୍ଯ୍ୟାଳୟ ସମସ୍ୟାର ସମ୍ମୁଖିନ ହୋଇଛି। ଗତ ୩ ବର୍ଷ ଧରି ଏଭଳି ଅବ୍ୟବସ୍ଥା ଲାଗି ରହିଥିବା ବେଳେ ସ୍ଥାନୀୟ ଜଳସମ୍ପଦ ଅଧିକ୍ଷଣ ଯନ୍ତ୍ରୀ ନୀରବଦ୍ରଷ୍ଟା ସାଜିଛନ୍ତି। ୧୯୬୧ ମସିହାରେ 'ବନ୍ୟା ପୂର୍ବାନୁମାନ କକ୍ଷ' ଆଖୁଆପଦା ଠାରେ ଭାରତ ସରକାରଙ୍କ ଦ୍ୱାରା ସ୍ଥାପିତ ହୋଇଥିଲା। କେନ୍ଦ୍ର ଜଳଶକ୍ତି ମନ୍ତ୍ରଣାଳୟ ଅଧିନ ପୂର୍ବାଂଚଳ ଡିଭିଜନ ଅନ୍ତର୍ଗତ ବୈତରଣୀ ଉପଖଣ୍ଡ ଦ୍ୱାରା ଆଖୁଆପଦା 'ବନ୍ୟା ପୂର୍ବାନୁମାନ' କାର୍ଯ୍ୟାଳୟ ପରିଚାଳନା କରାଯାଉଛି। ଏହି କାର୍ଯ୍ୟାଳୟ ପରିସରରେ ନିଜସ୍ୱ ଦୈନିକ ବର୍ଷାଜଳ ପରିମାପକ ଯନ୍ତ୍ର ଓ ଉଚ୍ଚଶକ୍ତି ସମ୍ପନ୍ନ ବେତାର ବ୍ୟବସ୍ଥା ରଖାଯାଇଥିଲା। ବୈତରଣୀର ଉପରମୁଣ୍ଡ ଚମ୍ପୁଆ, କେଉଁଝର, ସ୍ୱାମୀପାଟଣା, ଠାକୁରମୁଣ୍ଡା, ଆନନ୍ଦପୁର ଆଦି ସ୍ଥାନରେ ଏହାର ଶାଖା କାର୍ଯ୍ୟାଳୟ ମଧ୍ୟ ସ୍ଥାପନା କରାଯାଇ ବେତାର ସଂଯୁକ୍ତ କରାଯାଇଥିଲା। ସକାଳ ୮ଟା ରୁ ପରଦିନ ସକାଳ ୮ ଟା ପର୍ଯ୍ୟନ୍ତ ୨୪ ଘ । ମଧ୍ୟରେ ନଦୀର ଉପରମୁଣ୍ଡରେ ବର୍ଷା ପରିମାଣ ଆଖୁଆପଦା କାର୍ଯ୍ୟାଳୟକୁ ବେତାର ଯୋଗେ ଆସୁଥିଲା। ବର୍ଷା ପରିମାଣ କେନ୍ଦ୍ର ସରକାରଙ୍କ ଜଳଶକ୍ତି ଉପନିର୍ଦ୍ଦେଶକ ଓ ଆଖୁଆପଦା ରାଜ୍ୟ ଜଳସମ୍ପଦ କାର୍ଯ୍ୟାଳୟକୁ ଦିନ ୯ଟା ସୁଦ୍ଧା ଯୋଗାଇ ଦିଆଯାଉଥିଲା। ଏହା ଦ୍ୱାରା ନଦୀର ଜଳସ୍ତର ପରିମାଣ ସମ୍ପର୍କରେ ବନ୍ୟାଜଳ ଆଖୁଆପଦାରେ ପହ୍ଁଚିବା ପୂର୍ବରୁ ବିଭାଗ ଅବଗତ ହୋଇ ସତର୍କ ହୋଇଯାଉଥିଲା। ହେଲେ ଏହି କେନ୍ଦ୍ରୀୟ କାର୍ଯ୍ୟାଳୟ ନଦୀ ଉପରମୁଣ୍ଡ ବର୍ଷା ଜଳ ପରିମାଣ ସ୍ଥାନୀୟ ଜଳସମ୍ପଦ କାର୍ଯ୍ୟାଳୟକୁ ଗତ ୩ ବର୍ଷ ଧରି ଆଉ ଦେଉନାହିଁ। ବିଭାଗୀୟ ଯାଜପୁର ଡିଭିଜନ କାର୍ଯ୍ୟାଳୟ ଭୁବନେଶ୍ୱର ମୁଖ୍ୟଯନ୍ତ୍ରୀଙ୍କ କାର୍ଯ୍ୟାଳୟରୁ ଦିନ ୨ଟାରେ ପ୍ରାପ୍ତ ହେଉଛି। ଆଖୁଆପଦା ଉପଖଣ୍ଡ କାର୍ଯ୍ୟାଳୟ ଦିନ ୩ଟାରେ ଉପରମୁଣ୍ଡ ବର୍ଷାଜଳ ରିପୋର୍ଟ ମାଗିଯାଚି ପ୍ରାପ୍ତ ହେଉଛି। ଫଳରେ ବନ୍ୟା ନିୟନ୍ତ୍ରଣ ବାଧାପ୍ରାପ୍ତ ହୋଇଛି। ବନ୍ୟା ନିୟନ୍ତ୍ରଣ, ଜଳସେଚନ, ନୌ ପରିବହନ ଓ ପାନୀୟ ଜଳ ଯୋଗାଣ ଆଦି ଲକ୍ଷ୍ୟ ହାସଲ ପାଇଁ ସ୍ଥାପିତ ଏହି କେନ୍ଦ୍ରୀୟ କାର୍ଯ୍ୟାଳୟ ଆରମ୍ଭରୁ ଜଣେ ସହକାରୀ ଯନ୍ତ୍ରୀଙ୍କ ଦ୍ୱାରା ପରିଚାଳିତ ହେଉଥିଲା। ନବେ ଦଶକରେ ଏହି କାର୍ଯ୍ୟାଳୟ ଜଣେ କନିଷ୍ଠ ଯନ୍ତ୍ରୀଙ୍କ ଦ୍ୱାରା ପରିଚାଳିତ ହେବାକୁ ଲାଗିଲା। ୨୦୧୫ ମସିହା ବେଳକୁ କେବଳ ଜଣେ କିରାଣୀ ଏହି କାର୍ଯ୍ୟାଳୟକୁ ଚଳାଉଥିଲେ। ତାଙ୍କ ଅବସର ପରେ ୨ ଜଣ ଠିକା କର୍ମଚାରୀ ଏହି କାର୍ଯ୍ୟାଳୟକୁ ଦୈନିକ ଘ ।ଏ ପାଇଁ ଖୋଲା ରଖୁଥିବା ଜଣାଯାଇଛି। ବନ୍ୟାଜଳସ୍ତର ଆକଳନ ବୈତରଣୀ ନଦୀର ଆଖୁଆପଦା ଠାରେ ହୋଇଥାଏ। ଏଠାରେ ବିପଦସଂକେତ ସ୍ତର ୧୭.୮୩ ମିଟର ରଖାଯାଇଛି। ମାତ୍ର ବୈତରଣୀ ନଦୀର ବନ୍ୟା ନିୟନ୍ତ୍ରଣ ପାଇଁ କେନ୍ଦ୍ରୀୟ କାର୍ଯ୍ୟାଳୟ ଓ ରାଜ୍ୟ ସରକାରଙ୍କ କାର୍ଯ୍ୟାଳୟ ମଧ୍ୟରେ ସମନ୍ୱୟର ଅଭାବ ଉକ୍ଟ ସମସ୍ୟା ସୃଷ୍ଟି କରିଛି। ଏହି ସମ୍ବେଦନଶୀଳ ସମସ୍ୟା ସମ୍ପର୍କରେ ବିଭାଗୀୟ ଅଧିକ୍ଷଣ ଯନ୍ତ୍ରୀ ନୀରବଦ୍ରଷ୍ଟା ସାଜିଛନ୍ତି। ସ୍ଥାନୀୟ ଜଳସମ୍ପଦ କନିଷ୍ଠ ଯନ୍ତ୍ରୀ ସୁଶାନ୍ତ ଦାସ ଏ ସମ୍ପର୍କରେ ଉପରିସ୍ଥ ଅଧିକାରୀଙ୍କୁ ପତ୍ର ଲେଖିଛନ୍ତି ବୋଲି ପ୍ରକାଶ କରି ନିଜ ଉପରୁ ଦାଇତ୍ୱ ଖସାଇଦେଇଛନ୍ତି।

## ଡ୍ରଗ ମାଫିଆ ସୋମନାଥ ଭୁଜବଳ ହତ୍ୟାକାଣ୍ଡ

### ମୁଖ୍ୟ ଅଭିଯୁକ୍ତ ସମେତ ୬ ଗିରଫ : ୪ ପିସ୍ତଲ, ୧୧ ଜୀବନ୍ତ ଗୁଳି, ମୋବାଇଲ ଜବତ

ଖୋର୍ଦ୍ଧା, ୧୪।୭(ପି.ଏନ): ଡ୍ରଗ ମାଫିଆ ସୋମନାଥ ଭୁଜବଳ ଓରଫ ପାକୁ ହତ୍ୟାକାଣ୍ଡର ପର୍ଦ୍ଦାଫାସ କରିଛି ଖୋର୍ଦ୍ଧା ପୋଲିସ । ଏହି ହତ୍ୟାକାଣ୍ଡର ମୁଖ୍ୟ ଅଭିଯୁକ୍ତ ଭାଲିଆବାଡିର ସଞ୍ଜୟ ପ୍ରଧାନ ଓରଫ ସଞ୍ଜୁ ସମେତ ୬ ଜଣଙ୍କୁ ଗିରଫ କରିଛି ଟାଉନ ଥାନା ପୋଲିସ। ଅଭିଯୁକ୍ତଙ୍କ ଠାରୁ ୪ ପିସ୍ତଲ, ୧୧ ଜୀବନ୍ତ ଗୁଳି, ୧୦ମୋବାଇଲ ଏବଂ ୬ ଟି ଗାଡ଼ି ଜବତ ହୋଇଛି। ପୂର୍ବ ବ୍ୟବସାୟିକ ଶତ୍ରୁତାକୁ ନେଇ ଏହି ହତ୍ୟାକାଣ୍ଡ ହୋଇଥିଲା। ଆଜି ଜିଲା ପୋଲିସ ମୁଖ୍ୟାଳୟରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଏସପି ସିଦ୍ଧାର୍ଥ କଟରିଆ ସୂଚନା ଦେଇଛନ୍ତି । ଏହି ହତ୍ୟାକାଣ୍ଡରେ ପୂର୍ବରୁ ଦୁଇ ଜଣଙ୍କୁ ଗିରଫ କରିଥିଲା। ଏଥିରେ ଅନ୍ୟ କେଉଁମାନଙ୍କ ସଂପୃକ୍ତି ରହିଛି ତାହାର ମଧ୍ୟ ତଦନ୍ତ ଜାରି ରହିଛି ।ପାକୁ ଓ ସଞ୍ଜୁ ମଧ୍ୟରେ ପୂର୍ବରୁ ଶତ୍ରୁତା ରହିଥିଲା। ପାକୁକୁ ସବୁଦିନ ପାଇଁ ରାସ୍ତାରୁ ହଟାଇବା ଲାଗି ଦୀର୍ଘ ଦିନ ହେବ ଷଡ଼ଯନ୍ତ୍ର କରିଥିଲା ସଞ୍ଜୁ। ତେବେ ପୂର୍ବରୁ ଥରେ ହତ୍ୟା ଯୋଜନା କରି ବିଫଳ ହୋଇଥିଲା। ଏନେଇ ସେ ଖୋର୍ଦ୍ଧା, ପୁରୀ ଓ ନୟାଗଡରେ ରହୁଥିବା ସହଯୋଗୀଙ୍କ ସହ ଆଲୋଚନା କରିଥିଲା। ଏଥିଲାଗି ଚୋରା ଗାଡି ଏବଂ ବନ୍ଧୁକ, ମାରଣାସ୍ତ୍ର ଯୋଗାଡ କରିଥିଲା। ଗତ ୭ ତାରିଖ ରାତିରେ ସୋମନାଥ ସାମନ୍ତରାପୁର ଠେଙ୍ଗାହାଟ ଛକରେ ମୋବାଇଲରେ କଥା ହେଉଥିବା ସମୟରେ ଦୁର୍ବୃତ୍ତ ମାନେ ବୋଲୋରୋ ପିକ୍‌ଅପରେ ଆସି ୪ ଜଣ ୮ରାଉଣ୍ଡ ଗୁଳି ମାଡ କରିଥିଲେ। ତେବେ ୪ଟି ଗୁଳି ତାଙ୍କ ହାତ, ଛାତି ଓ ପେଟରେ ବାଜିଥିଲା। ଗୁରୁତର ଅବସ୍ଥାରେ ପ୍ରଥମେ ଖୋର୍ଦ୍ଧାର ପରେ ଭୁବନେଶ୍ୱର ସ୍ଥିତ ଏକ ଘରୋଇ ହସ୍ପିଟାଲକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ଗତ ୯ତାରଖ ରାତିରେ ଚିକିତ୍ସାଧିନ ଚିକିତ୍ସାଧିନ ଅବସ୍ଥାରେ ମୃତ୍ୟୁ ଘଟିଥିଲା। ଏନେଇ ପରିବାର ଲୋକଙ୍କ ଅଭିଯୋଗ ଉପରେ ଏକ ହତ୍ୟା ମାମଲା ରୁଜୁ କରି ପୋଲିସ ତଦନ୍ତ ଚଳାଇଥିଲା। ସଦର ଏସଡିପିଓ ଦିଲ୍ଲୀପ ଦାସଙ୍କ ନେତୃତ୍ୱରେ ୩ ଜଣିଆ ଟିମ ଗଠନ କରାଯାଇ ବିଭିନ୍ନ ସ୍ଥାନରେ ଚଢଉ ଜାରି ରଖିଥିଲା। ଗତ ଜୁଲାଇ ପହିଲାରେ ପୋଲିସ ଦୁଇ ଜଣଙ୍କୁ ଏହି ଘଟଣାରେ ଗିରଫ କରିଥିଲା।









# ଟି ଟାଇମ୍

## ଇତିହାସରେ ଆଜି ଦିନ

ଆଜି ହେଉଛି ଡିସେମ୍ବର ୦୧ ତାରିଖ। ଆଜିର ଦିନରେ ବିଶ୍ୱ ଇତିହାସରେ ଅନେକ ଘଟଣା ଓ ଦୁର୍ଘଟଣାମାନ ଘଟିଛି। ବହୁ ବରପୁତ୍ର ତଥା ପ୍ରଖ୍ୟାତ କଳାକାର ମଧ୍ୟ ଆଜି ଜନ୍ମ ହୋଇଛନ୍ତି। ଆଜିର ଦିନରେ ଇତିହାସ ପୃଷ୍ଠାରେ କ'ଣକ'ଣ ଘଟଣା ଘଟିଥିଲା ଆସନ୍ତୁ ଜାଣିବା :

- ବିଶ୍ୱ ଏଡ୍‌ସ ଦିବସ
- ଭାରତୀୟ ସୀମା ସୁରକ୍ଷା ବାହିନୀ (ବିଏସ୍‌ଏଫ୍ ପ୍ରତିଷ୍ଠା ହୋଇଥିଲା (୧୯୬୫)
- ବିହାରର-ଲକ୍ଷ୍ମଣପୁର ବାଥେଠାରେ ରଣବୀର ସେନା ରଚାଇଲା ନରସିଂହାର (୧୯୯୭)
- ନାଗାଲାଣ୍ଡ ଭାରତର ୧୬ତମ ରାଜ୍ୟରେ ପରିଣତ ହେଲା (୧୯୬୩)
- ୟୁନାଇଟେଡ୍ ନେଶନ୍‌ରେ ଯୋଗଦେଲା ଆଙ୍ଗୋଲା (୧୯୭୬)
- ବେନଜୀର ଭୁଟ୍ଟୋଙ୍କୁ ପାକିସ୍ତାନର ପ୍ରଧାନମନ୍ତ୍ରୀ ରୂପେ ନିଯୁକ୍ତି କରାଗଲା (୧୯୮୮)

## ପ୍ଲାଷ୍ଟିକ୍ ବେବି



ଏହି ବ୍ୟସ୍ତ ବହୁଳ ଜୀବନରେ ଜଣେ ସାଧାରଣ ବ୍ୟକ୍ତି ଠିକ୍ ଭାବରେ ଖାଦ୍ୟ ଖାଇବାକୁ ସମୟ ପାଉନଥିବା ବେଳେ ୮ବର୍ଷୀୟ ପିଲା ଖାଦ୍ୟ ଖାଇବା ଛାଡ଼ି ପ୍ଲାଷ୍ଟିକ୍ ଜିନିଷ ଖାଇ ଯାଉଛି। ୮ବର୍ଷର ଝିଅ ଜେସିକା ୱାକର, ପିକା ନାମକ ରୋଗରେ ପୀଡ଼ିତ। ଏହି ରୋଗରେ ଜେସିକା ପୌଷ୍ଟିକ ଆହାରକୁ ଛାଡ଼ି ଅନ୍ୟ ସବୁ କିଛି ଖାଇବାକୁ ଇଚ୍ଛା ହୋଇଥାଏ ଯାହା ଜଣେ ସାଧାରଣ ବ୍ୟକ୍ତି କେବେ ଖାଇନଥାଏ। ଜେସିକାର ମା' ଲିଣ୍ଡସେ କହନ୍ତି ଯେତେବେଳେ ଜେସିକା ଛୋଟଥିଲେ ବାଲି, ମାଟି ଓ ମହମବତୀ ଖାଇଦେଉଥିଲେ। ଯଦି ପ୍ଲେଟରେ ମାଂସ ତରକାରି କିମ୍ବା ଅନ୍ୟ କୌଣସି ବ୍ୟଞ୍ଜନ ରଖାଯାଇଥାଏ ତେବେ ଜେସିକା ତାକୁ କେବେବି ଛୁଅନ୍ତି ନାହିଁ। ଝିଅର ଏଭଳି ସମସ୍ୟା ଦେଖି ତାଙ୍କ ମା' ତାକୁ ବାଳ ସୁରକ୍ଷା ଗୃହରେ ଛାଡ଼ିଥିଲେ କିନ୍ତୁ ସେଠାରେ ମଧ୍ୟ ଏକା ପରିସ୍ଥିତି ଉପୁଜିଥିଲା। ଜେସିକା କଞ୍ଚା ପରିବା ଖାଆନ୍ତି, ଜିନିଷ ପତ୍ର ଉପରେ ଲାଗିଥିବା ର୍‍ୟାପ୍ ବା ଜରିକୁ ଖାଆନ୍ତି। ଡାକ୍ତରଙ୍କ କହିବା ଅନୁସାରେ ଜେସିକାଙ୍କର ଏହି ରୋଗ ଭିଟାମିନ୍‌ର ଅଭାବ କାରଣରୁ ହୋଇଥାଏ। ପାଞ୍ଚ ବର୍ଷ ହେବ ଜେସିକାଙ୍କର ଏହି ରୋଗ ହୋଇଥିଲେ ହେଁ ତାଙ୍କର ଚିକିତ୍ସା ଠିକ୍ ଭାବେ କରାଯାଇପାରୁନାହିଁ। ଏଥିପାଇଁ ଜେସିକାର ମା' ବହୁତ ଚିନ୍ତିତ ଅଛନ୍ତି।

## ଚର୍ଚ୍ଚାରେ 'ହରାମ୍‌ଖୋର'



ନୱାଜଉଦ୍ଦିନ ସିଦ୍ଦିକି ଓ ଶ୍ୱେତା ତ୍ରିପାଠୀଙ୍କ ଅଭିନୀତ ଫିଲ୍ମ 'ହରାମ୍‌ଖୋର'ର ଟ୍ରେଲର ରିଲିଜ କରାଯାଇଛି। ପୂର୍ବରୁ ଫିଲ୍ମକୁ ନେଇ କିଛି ସମସ୍ୟା ଦେଖାଦେଇଥିଲା। ମାତ୍ର ଫିଲ୍ମଟି ସମାଜକୁ ଏକ ସୁନ୍ଦର ବାର୍ତ୍ତା ପ୍ରଦାନ କରୁଥିବାରୁ ଏହାର ବ୍ୟାନକୁ ହଟାଇଦିଆଯାଇଛି। ଗୁଜୁରାଟର ଏକ ଛୋଟ ଗାଁରେ ସୁଟିଂ କରାଯାଇଛି ସମ୍ପୂର୍ଣ୍ଣ ଫିଲ୍ମ। ଶ୍ଳୋକ ଶର୍ମାଙ୍କ ନିର୍ଦ୍ଦେଶନାରେ ମାତ୍ର ୧୬ଦିନରେ ଶେଷ ହୋଇଛି ପୂରା ଫିଲ୍ମର ସୁଟିଂ। ଫିଲ୍ମର କାହାଣୀରେ ଜଣେ ୧୪ବର୍ଷର ଝିଅର ନିଜ ପ୍ରଫେସରଙ୍କ ସହ ପ୍ରେମକାହାଣୀକୁ ଦର୍ଶାଯାଇଛି। ନିଚ୍ଛକ ଗାଁର ଛବି ଓ ଏହାର ସଙ୍ଗୀତ ଟ୍ରେଲରଟିକୁ ଅଧିକ ଆକର୍ଷଣୀୟ କରିଛି।

## ପୁରାଣ କାହାଣୀ

# କୁଟୁମ୍ବେଶ୍ୱର ମହାଦେବଙ୍କ ମହାତ୍ମ୍ୟ



ସଂସାର ହିତ ଲାଗି ସୋମବତୀ ଅମାବାସ୍ୟା କୁଟୁମ୍ବେଶ୍ୱର ଲିଙ୍ଗଙ୍କୁ ଦର୍ଶନ କଲେ କୁଟୁମ୍ବ ବୃଦ୍ଧି ପାଇବା ସହ ସମସ୍ତ ପାପ ଦୂର ହୋଇଥାଏ। ରବିବାର, ସୋମବାର, ଅଷ୍ଟମୀ, ଚତୁର୍ଦ୍ଦଶୀ ତଥା ସୋମବତୀ ଦିନ ଶିପ୍ରା ନଦୀରେ ସ୍ନାନ କରି କୁଟୁମ୍ବେଶ୍ୱରଙ୍କୁ ଦର୍ଶନ କଲେ ସୁଫଳ ମିଳିଥାଏ। ଏହାସହ ସ୍କନ୍ଦ ପୁରାଣରେ କୁଟୁମ୍ବେଶ୍ୱରଙ୍କ ମହାତ୍ମ୍ୟ ବର୍ଣ୍ଣନା କରାଯାଇଛି। ଏକଦା ଦେବତା ଓ ରାକ୍ଷସ ସମୁଦ୍ର ମନ୍ଥନ କରୁଥିବା ବେଳେ ବିଷ ଉତ୍ପନ୍ନ ହେଲା। ଏହାଦେଖି ରାକ୍ଷସ ଓ ଦେବତାମାନେ ବିଚଳିତ ହୋଇ ଉଠିଲେ। ସେମାନେ ଭଗବାନ ଶିବଙ୍କ ନିକଟକୁ ଯାଇ ସମସ୍ତ କଥା ପ୍ରକାଶ କରି ବିଷକୁ ଦୂର କରିବା ଲାଗି ପ୍ରାର୍ଥନା କଲେ। ମହାଦେବ ସମସ୍ତ କଥା ଶୁଣିବା ପରେ ମୟୂର ରୂପ ଧାରଣ କରି ସେହି ବିଷକୁ ପାନ କରିବା ଦ୍ୱାରା ତାଙ୍କ କଣ୍ଠ ନୀଳ ପଡିଗଲା। କିନ୍ତୁ ମହାଦେବ ଏହି ବିଷକୁ ଦୂର କରିବା ଲାଗି ଶିପ୍ରା ନଦୀକୁ ଆଦେଶ ଦେଲେଯେ ଏହି ବିଷକୁ ନେଇ ସେ ମହାକାଳ ବଣରେ ଥିବା କାମେଶ୍ୱରସ୍ଥିତ ଏକ ଲିଙ୍ଗ ଉପରେ ଚଢ଼ାଇ ଦିଅ। ମା' ଶିପ୍ରା ନଦୀ ଉକ୍ତ ବିଷକୁ ନେଇ ଲିଙ୍ଗ ଉପରେ ଢ଼ାଳିଦେଲେ। ବିଷର ପ୍ରଭାବରେ ଯେଉଁ ପ୍ରାଣୀ ତାଙ୍କୁ ଦର୍ଶନ କରୁଥିଲେ ସେମାନେ ମୋକ୍ଷ ପ୍ରାପ୍ତ କରୁଥିଲେ। କିଛି ବ୍ରାହ୍ମଣ ତୀର୍ଥ ଯାତ୍ରା କରିବା ଲାଗି ଏହି ଲିଙ୍ଗ ନିକଟକୁ ଆସି ଦର୍ଶନ କଲେ। ଦର୍ଶନ ଫଳରେ ସମସ୍ତ ବ୍ରାହ୍ମଣ ଦେହତ୍ୟାଗ କଲେ ଏହାଦ୍ୱାରା ତାଙ୍କ କୁଟୁମ୍ବ ଲୋପ ପାଇବାକୁ ଲାଗିଲା। ଏହା ଦେଖି କିଛି ବ୍ରାହ୍ମଣ ତାଙ୍କ କୁଟୁମ୍ବକୁ ବଞ୍ଚାଇବା ଲାଗି ଭଗବାନ ଶିବଙ୍କୁ ପ୍ରାର୍ଥନା କଲେ ଉକ୍ତ ପ୍ରାର୍ଥନାକୁ ସ୍ୱୀକାର କରି ମହାଦେବ କହିଲେ ରାଜା ଲକୁଲିଶ ଏହି ଲିଙ୍ଗକୁ ଦର୍ଶନ କଲେ ବିଷର ପ୍ରଭାବ ଆପେ ଆପେ ଦୂର ହୋଇଯିବ। ଏହି ଲିଙ୍ଗକୁ କୁଟୁମ୍ବେଶ୍ୱର କୁହାଯିବ କହି ମହାଦେବ ଅନ୍ତର୍ଦ୍ଧାନ ହୋଇଗଲେ ସେବେଠାରୁ ଏହି ଲିଙ୍ଗର ନାମ କୁଟୁମ୍ବେଶ୍ୱର ରହି ଆସିଛି।

# ୫୦୦ କୋଟି ବନାମ ୫୦୦ଟଙ୍କା



ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବିମୁଦ୍ରାକରଣ ନୀତି ସତ୍ତ୍ୱେ ଦେଶବାସୀ ଦେଖିଥିଲେ କର୍ଣ୍ଣାଟକର ପୂର୍ବତନ ମନ୍ତ୍ରୀ ତଥା ଖଣି ମାଲିକ ଜନାର୍ଦ୍ଦନ ରେଡ୍ଡୀଙ୍କ ଝିଅ ବ୍ରାହ୍ମଣୀଙ୍କ ୫୦୦ କୋଟିର ବିବାହ। ବିବାହ କାର୍ଡ, ପୋଷାକଠାରୁ ଆରମ୍ଭ କରି ଭୋଜିଭାତରେ ଖର୍ଚ୍ଚ ହୋଇଥିଲା କୋଟି କୋଟି ଟଙ୍କା। ଏବେ କିନ୍ତୁ ଦେଶବାସୀ ଏହି ନୀତିର ଅପରପାର୍ଶ୍ୱ ଦେଖିବାକୁ ପାଇଛନ୍ତି। ସାଧାରଣ ଜନତା ଏହି ନୀତି ଦ୍ୱାରା କେତେମାତ୍ରାରେ ପ୍ରଭାବିତ ହୋଇଛନ୍ତି ତାହାର ଜ୍ୱଳନ୍ତ ଉଦାହରଣ ସାଜିଛି ସୁରଟର ଦକ୍ଷା ପରମାର୍ ଓ ଭାରତ ମାରୁଙ୍କ ମାତ୍ର ୫୦୦ ଟଙ୍କାର ବିବାହ। ସୁରଟର ଏକ ଇଲେକଟ୍ରିସିଟି କମ୍ପାନୀରେ ଟେକ୍ନିସିଆନ ଭାବେ କାର୍ଯ୍ୟ କରୁଥିବା ରାଜ୍ ପରମାର୍ ନିଜ ଝିଅ ଦକ୍ଷାଙ୍କ ବିବାହ ଠିକ୍ କରିଥିଲେ କମ୍ପ୍ୟୁଟର ଇଂଜିନିୟର ଭାରତ ମାରୁଙ୍କ ସହ। ଦୀପାବଳି ପୂର୍ବରୁ ଉଭୟ ପରିବାରର ମିଳାମିଶା ପରେ ବିବାହ ତାରିଖ ଦୀପାବଳି ପରେ ତଥା ନଭେମ୍ବର ୨୪କୁ ନିର୍ଦ୍ଧାରଣ କରାଯାଇଥିଲା। ଏହା ମଧ୍ୟ ସ୍ଥିର କରାଯାଇଥିଲା କି ଖୁବ୍ ଧୂମ୍‌ଧାମରେ ବିବାହ କରାଯିବ। ମାତ୍ର ୮ ତାରିଖରେ ୫୦୦ ଓ ୧୦୦୦ ଟଙ୍କିଆ ଅଚଳ ଉପରେ ଭାଷଣ ଶୁଣିବା ପରେ ଚିନ୍ତାରେ ଆସିଯାଇଥିଲେ ଉଭୟ ପରିବାର। ଜାକଜମକରେ କରିବାକୁ ଥିବା ବିବାହ ଆଶା ମଉଳି ଯାଇଥିଲା ସେମାନଙ୍କର। ନିର୍ଦ୍ଧାରିତ ତାରିଖ ପରିବର୍ତ୍ତେ ଅନ୍ୟ ତାରିଖରେ ବିବାହ କରିବା ପାଇଁ ଯୋଜନା କରିବାକୁ ଆରମ୍ଭ କରିଥିଲେ। କିନ୍ତୁ ସେହି ସମୟରେ ଦକ୍ଷା ଏକ ଉପାୟ ଚିନ୍ତା କରିଥିଲେ। ସେ ବିନା ଆଡମ୍ବରରେ ଭୋଜିରେ କେବଳ ଚା ଓ ପାଣିର ବ୍ୟବସ୍ଥା କରି ବିବାହ କରିବାର ପ୍ରସ୍ତାବ ପରିବାର ସଦସ୍ୟଙ୍କୁ ଦେଇଥିଲେ। ପ୍ରଥମେ ପରିବାର ଲୋକଙ୍କୁ ଦକ୍ଷାଙ୍କ ଏହି ପ୍ରସ୍ତାବ ଉଚିତ ଲାଗିନଥିଲା। କିନ୍ତୁ ବାରମ୍ବାର ବୁଝାଇବା ପରେ ସେମାନେ ରାଜି ହୋଇଥିଲେ। ପରେ ଉଭୟ ଦକ୍ଷା ଏବଂ ତାଙ୍କ ପରିବାର ସଦସ୍ୟ ମିଶି ଭାରତଙ୍କ ପରିବାର ଲୋକଙ୍କୁ ପ୍ରସ୍ତାବ ଦେଇଥିଲେ। ପ୍ରଥମେ ମଧ୍ୟ ଭାରତଙ୍କ ପରିବାର ଠାରୁ ଅନୁରୂପ ପ୍ରତିକ୍ରିୟା ମିଳିଥିଲା। ମାତ୍ର ପରେ ସେମାନେ ମଧ୍ୟ ରାଜି ହୋଇଯାଇଥିଲେ। କାରଣ ତାଙ୍କ ପାଇଁ ପିଲାମାନଙ୍କ ବିବାହ ଅଧିକ ଗୁରୁତ୍ୱ ରଖୁଥିଲା ସେଥିରେ ଖର୍ଚ୍ଚର ପରିମାଣ ନୁହେଁ। ଦୁଇ ପରିବାରର ସମ୍ମତିରେ ବିନା ଜାକଜମକରେ ବେଦ୍ ରୋଡ ଠାରେ ଥିବା ଏକ କମ୍ୟୁନିଟି ହଲ୍‌ରେ ଆୟୋଜିତ ହୋଇଥିଲା ବିବାହ। ସେଥିରେ କନ୍ୟାପକ୍ଷରୁ ପ୍ରାୟ ୫୦ ଜଣ ଓ ବର ପକ୍ଷରୁ ପ୍ରାୟ ୧୨୫ ରୁ ୧୫୦ ଜଣ ନିମନ୍ତ୍ରିତ ଅତିଥି ଯୋଗ ଦେଇଥିଲେ। ସମସ୍ତ ଅତିଥିଙ୍କୁ ଭୋଜିରେ ଦିଆଯାଇଥିଲା ଗୋଟିଏ ଗ୍ଲାସ ପାଣି ଓ କପେ ଚା। ଏପରି ବିବାହରେ ଅତିଥି ମାନେ ମଧ୍ୟ ପୂର୍ଣ୍ଣ ସମର୍ଥନ ଜଣାଇଥିଲେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଦକ୍ଷା ଓ ଭାରତଙ୍କ ଏହି ବିବାହକୁ ପ୍ରଶଂସା କରିଛନ୍ତି। ମନ୍ କୀ ବାତ୍ କାର୍ଯ୍ୟକ୍ରମରେ ସେ କହିଛନ୍ତି ମୁଁ ଚାଏ ପେ ଚର୍ଚ୍ଚା ଆରମ୍ଭ କରିଥିଲି କିନ୍ତୁ ଏହି ଚା ଏବେ ବିବାହ ମଣ୍ଡପରେ ପହଞ୍ଚି ଗଲାଣି ଜାଣି ଖୁସି ଲାଗୁଛି।

# ଲାଭଦାୟକ ୱେବ୍‌ସାଇଟ୍



ଅନ୍‌ଲାଇନ୍ ସପିଂର ମଜା ଯିଏ କରିଛି ସିଏ ଜାଣିଛି। ଗୋଟିଏ କ୍ଲିକ୍‌ରେ ଜିନିଷ ପାଖରେ ଆସି ହାଜର ହୋଇଯାଏ। ନା ମୁଲେଇ କରିବାକୁ ପଡ଼ିଥାଏ ନା ଘଣ୍ଟା ଘଣ୍ଟା ଅପେକ୍ଷା କରିବାକୁ ପଡ଼ିଥାଏ। କଥାରେ କହନ୍ତି ବାପାମା'ଙ୍କୁ ଛାଡ଼ି ଦେଇ ସବୁକିଛି ଇଣ୍ଟରନେଟ୍‌ରେ ଉପଲବ୍ଧ। କିନ୍ତୁ ଆଜି ଆପଣଙ୍କୁ ଆମେ ଏପରି ଏକ ୱେବ୍‌ସାଇଟ୍ ବିଷୟରେ ଜଣାଇବୁ ଯେଉଁଥିରୁ ଆପଣ ଯାହା ଚାହିଁବେ ତାହା କିଣିପାରିବେ। ଜାପାନର ଏକ ୱେବ୍‌ସାଇଟ୍ ନ୍ତରେଣ୍ଟଏବାଇଫଅଟୋବା ଡଟ୍ କମ୍'ରେ ଆପଣଙ୍କୁ ଅନ୍ତଃବସ୍ତ୍ରଠାରୁ ଆରମ୍ଭ କରି ମା-ବାପା, ପତି-ପତ୍ନୀ ଏବଂ ପିଲା ମଧ୍ୟ ଭଡ଼ାରେ ମିଳିଥାନ୍ତି। ବର୍ତ୍ତମାନ ଜାପାନରେ ଏହି ୱେବ୍‌ସାଇଟ୍ ଅନେକ ଲୋକପ୍ରିୟ ହୋଇଗଲାଣି। ଏହି ୱେବ୍‌ସାଇଟ୍‌ଟି ଗ୍ରାହକମାନଙ୍କୁ ସମସ୍ତ ପ୍ରକାରର ସୁବିଧା ଯୋଗାଇବା ପାଇଁ ଗ୍ରାହକମାନଙ୍କଠାରୁ ମୋଟା ପରିମାଣର ଅର୍ଥ ନେଇଥାଏ। ଜାଣିରଖନ୍ତୁ ଏହି ୱେବ୍‌ସାଇଟ୍‌ରେ କ'ଣ ସବୁ ମିଳୁଛି ? ଯଦି ଆପଣ ଏକଲା ଅଛନ୍ତି ତେବେ ଏହି ୱେବ୍‌ସାଇଟ୍‌ଟି ଆପଣଙ୍କ ଏକୁଟିଆପଣ ଦୂର କରିବା ପାଇଁ ଗ୍ରାହକଙ୍କ ଇଚ୍ଛା ମୁତାବକ ପୁରୁଷ କିମ୍ବା ସ୍ତ୍ରୀ ବନ୍ଧୁ ମଧ୍ୟ ଉପଲବ୍ଧ କରେଇଥାଏ। ଏଠାରେ ଆପଣଙ୍କୁ ଭଲ ପାଉଥିବା ମାତା-ପିତା ମଧ୍ୟ ମିଳିଥାନ୍ତି। ଏହା ବ୍ୟତୀତ ଏହା ଏପରି ଏକମାତ୍ର ୱେବ୍‌ସାଇଟ୍ ଯାହା ଅନ୍ତଃବସ୍ତ୍ରକୁ ଭଡ଼ାରେ ଦେଇଥାଏ। ଯଦି ଆପଣ ଆପଣଙ୍କର ବୋରିଂନେସ୍‌କୁ ଦୂର କରିବାକୁ ଚାହୁଁଛନ୍ତି ତେବେ ଆବଶ୍ୟକ ହେଲେ ଏକ ଛୋଟ ସୁନ୍ଦର ଶିଶୁ ସହିତ ମଧ୍ୟ ସମୟ ଅତିବାହିତ କରିପାରିବେ। ଯଦି ଆପଣଙ୍କ ପାଖରେ ସମୟ ନାହିଁ କିମ୍ବା ଆପଣ ପିଲାଙ୍କ ସ୍କୁଲ ଘରପାଠ କରିବାରେ ସାହାଯ୍ୟ କରି ପାରୁନାହାନ୍ତି ତେବେ ଏହି ୱେବ୍‌ସାଇଟଟି ଆପଣଙ୍କ ପାଇଁ ଏପରି ଏକ ବ୍ୟକ୍ତି ଠିକ୍ କରିଦେବେ ଯିଏ ଆପଣଙ୍କ ପିଲାର ଘରପାଠ କରିବାରେ ମଧ୍ୟ ସାହାଯ୍ୟ କରିବ।

## ଆଜିର ଭାଗ୍ୟ

**ମେଷ** — କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

**ବୃଷ** — କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**ମିଥୁନ** — କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**କର୍କଟ** — ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ସିଂହ** — ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଈର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**କନ୍ୟା** — ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ତୁଳା** — ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ବିଛା** — ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**ଧନୁ** — ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ମକର** — ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**କୁମ୍ଭ** — କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**ମୀନ** — ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

# ମୃତ୍ୟୁକୁ ନେଇ ଆତଙ୍କ



ଭୟଙ୍କର ଗାଁ ନାମ ଶୁଣିବା କ୍ଷଣି ମନରେ ଅନେକ ପ୍ରଶ୍ନ ଉଙ୍କି ମାରେ। କ'ଣ ପାଇଁ ଗାଁର ଏପରି ବିଚିତ୍ର ନାମ ରହିଛି ? ଏହା ପଛରେ ରହସ୍ୟ କ'ଣ ଜାଣିବାକୁ ମଧ ଜିଜ୍ଞାସା ଯାତ ହୋଇଥାଏ। ପଞ୍ଚାପୁରର ବଡଗାଓଁ ଭୟଙ୍କର ଗ୍ରାମ ଭାବେ ପ୍ରସିଦ୍ଧ। ଏହି ଗ୍ରାମରେ ଆଜିକୁ ୨୨ ବର୍ଷ ତଳେ ଜଣେ ବ୍ୟକ୍ତିର ମୃତୁ ଘଟିଥିଲା। ବାଶ୍ ତା' ପରେ ବିଗତ ୨୨ ବର୍ଷର ଠାରୁ ପ୍ରତି ଦଶ ଦିନ ଅନ୍ତରରେ ପ୍ରତ୍ୟେକଙ୍କ ଘରୁ ଜଣେ ଲେଖାଏଁ ସଦସ୍ୟଙ୍କର ମୃତ୍ୟୁ ହେବାରେ ଲାଗିଛି। ଗ୍ରାମବାସୀମାନେ କେବଳ ଚିନ୍ତାରେ ରହିଥାନ୍ତି ଯେ, କାହାର ମୃତ୍ୟୁ ଘଟିଲା ଏବଂ ଏବେ ଆଉ କାହାର ପାଳି ପଡିବ। ଏହାକୁ ଗ୍ରାମବାସୀଙ୍କ ଦୁର୍ଭାଗ୍ୟ କୁହାଯିବ ନା ଅନ୍ଧବିଶ୍ୱାସ ନା ଆଉ କିଛି ? ବରିଷ୍ଠ ବ୍ୟକ୍ତି, ଡାକ୍ତର ଓ ଶିକ୍ଷକ ଏସବୁ ବିଶ୍ୱାସ କରିବାକୁ ବାଧ୍ୟ। କିଛି ରୋଗ ନଥାଇ ଆଖି ସାମନାରେ ଭଲ ଲୋକଙ୍କର ଏଠାରେ ମୃତ୍ୟୁ ହେବାରେ ଲାଗିଛି।




# ଜୈବିକ କୃଷିସାରର ସମନ୍ୱିତ ପରିଚାଳନା

ଭାରତବର୍ଷ ସାରା ବିଶ୍ୱର କୃଷି କ୍ଷେତ୍ରରେ ଏକ ସ୍ୱତନ୍ତ୍ର ସ୍ଥାନ ଅକ୍ତିଆର କରିଛି, ମାତ୍ର ଏବର କୃଷିକ୍ଷେତ୍ରରେ ରାସାୟନିକ ସାରର ପ୍ରୟୋଗ ବହୁମାତ୍ରାରେ ବୃଦ୍ଧି ପାଇଅଛି । ଏହାହିଁ ଏକମାତ୍ର ବିକଳ୍ପ ରୂପେ ପରିଗଣିତ ହୋଇ ପାରିଛି । କିନ୍ତୁ ଜୈବିକ କୃଷି ସାରର ସମନ୍ୱିତ ପରିଚାଳନା କୃଷି କ୍ଷେତ୍ରରେ ଏକ ଯୁଗାନ୍ତକାରୀ ପଦକ୍ଷେପ ଅଟେ ।

**ଜୈବିକ କୃଷିସାର କ'ଣ ?**

ଜୈବିକ କୃଷିସାର ଉପଯୋଗୀ କ୍ଷୁଦ୍ର ଅଣୁଜୀବମାନଙ୍କର ସଙ୍ଗଠିତ ସମାହାର ଯାହାର ପ୍ରୟୋଗ କୃଷି ଉତ୍ପାଦନରେ ବୃଦ୍ଧି ଆଣିବା ସହ ଫସଲର ପୁଷ୍ଟିକରମାନ ବଢ଼ାଇ ଥାଏ । ରାସାୟନିକ ସାରର ବିକଳ୍ପ ଭାବେ ଜୈବିକ କୃଷି ସାର ପ୍ରମୁଖ ଭୂମିକା ଗ୍ରହଣ କରିଅଛି । ମୁଖ୍ୟତଃ- କୃଷିଜମି ମୃତ୍ତିକା ଏବଂ ମିରେ ଏହାର ପରିଚାଳନା ହୁଏ । ଯେପରି କି ନାଇଟ୍ରୋଜେନ୍ ଫିକ୍ସିଙ୍ଗ ଅଣୁଜୀବ ଫସଲକୁ ସଠିକ୍ ପରିମାଣରେ ପହଞ୍ଚାଇ ଥାଆନ୍ତି । ଫସଫରସ ଦ୍ରବଣୀୟ ଅଣୁଜୀବ ଅଦ୍ରବଣୀୟ ଫସଫେଟକୁ ଦ୍ରବଣୀୟ କରି ଫସଲ ପାଖରେ ପହଞ୍ଚାଇ ଥାଏ । ଏତଦ୍ ଭିନ୍ନ ଏହିସବୁ ଅଣୁଜୀବ କମ୍ପୋଷ୍ଟରେ ସେଲ୍ୟୁଲୋଜର ବିଘଟନ ପ୍ରକ୍ରିୟାରେ ସାହାଯ୍ୟ କରିବା ସହ ଧାନ ଜମିରେ ଖତ ଭାବରେ ବ୍ୟବହୃତ ହୁଏ ।

**ବିଭିନ୍ନ ପ୍ରକାର ଜୈବିକ କୃଷିସାର :**

୧) ରାଇଜବିଆ, ଅଜୋଟୋବ୍ୟାକ୍ଟର, ଫସଫରସ୍ ଦ୍ରବଣୀୟ ବ୍ୟାକ୍ଟେରିଆ ଯଥା- ବାସିଲସ୍, ସ୍ୟୁଡୋମନାସୀ ସମନ୍ୱିତ ପରିଚାଳନା ।


ପ୍ରସ୍ତୁତି- ଡ଼ି ଶୁଭମ୍
ସଂଯୋଜକ, କୃଷି ଦୁନିଆ



୨) ବାୟୋମାସ୍ ଉତ୍ପାଦକ ଅଣୁଜୀବ ଯଥା- ଆଜୋଲା, ରାଇଜୋବିୟମ୍ ଓ ଆଜୋଟୋବ୍ୟାକ୍ଟର ।

ଡାଲି ଜାତୀୟ ଫସଲ :

ବର୍ତ୍ତମାନ ଭାରତର ବିଭିନ୍ନ ଅନୁକୋଣରେ ଜୈବିକ ସାର ପ୍ରୟୋଗର ଭୂମିକା ବଢ଼ିବାରେ ଲାଗିଛି । ଡାଲିଜାତୀୟ ଫସଲ କ୍ଷେତ୍ରରେ ରାଇଜୋବିୟମର ପ୍ରୟୋଗ ଉତ୍ପାଦନ କ୍ଷେତ୍ରରେ ମୁଖ୍ୟ ଭୂମିକା ଗ୍ରହଣ କରିଛି । ଏହାଛଡ଼ା ଆଜୋଟୋବ୍ୟାକ୍ଟର ମଧ୍ୟ ଫସଲ ବୃଦ୍ଧିର ପ୍ରମୁଖ୍ୟ ରହସ୍ୟ ।

ଶୈବାଳର ଉପଯୋଗିତା :

ଶୈବାଳ ମୁଖ୍ୟଭାବେ ଧାନ ଫସଲ କ୍ଷେତ୍ରରେ ଉପଯୋଗ କରାଯାଏ । କାରଣ ଶୈବାଳ ନାଇଟ୍ରୋଜେନ୍ ଫିକ୍ସିଙ୍ଗ୍ ପରିମାଣ ବଢ଼ାଇ ଥାଏ । ଯାହା ଦ୍ୱାରା ନାଇଟ୍ରୋଜେନ୍ ଜନିତ ରାସାୟନିକ ସାରର ବିକଳ୍ପ ଭାବେ ଆମେ ଏହାକୁ ପ୍ରୟୋଗ କରିବା । ଏହା କରିବା ଦ୍ୱାରା ଉତ୍ପାଦନ ୧୦ ରୁ ୧୫ ଶତକଡ଼ା ଅଧିକ ହୋଇଥାଏ । (ଯଦିଓ ରାସାୟନିକ ସାର ବ୍ୟବହାର ନକରିବା) ଏକ ସର୍ଭେରୁ ଜଣା ଯାଇଛି ଏହି ଶୈବାଳ ୧୫ ରୁ ୩୫ କି.ଗ୍ରା ନାଇଟ୍ରୋଜେନ୍ / ହେକ୍ଟର ଯୋଗାଇଥାଏ ।

**ଫସ୍ଫରସ୍ ଦ୍ରବଣୀୟ ବ୍ୟାକ୍ଟେରିଆ:**

ବ୍ୟାକ୍ଟେରିଆ ଯଥା ବାସିଲସ୍ ଓ ବାସିଲସ୍ ଏବଂ କବକ ଯଥା ପେନସିଲିୟମ ଅଦ୍ରବଣୀୟ ଫସ୍ଫରସ୍‌କୁ ଦ୍ରବଣ କରି ଫସଲ ପାଖରେ ପହଞ୍ଚାଇବାର କ୍ଷମତା ଅଛି । ଯାହା ଦ୍ୱାରା ଫସଲକୁ ଫସଫରସର ଅଭାବ ପୂରଣ ହୋଇଯାଏ । ଏହା ବ୍ୟତୀତ କମ୍ପୋଷ୍ଟରେ ସେଲ୍ୟୁଲୋଜ୍ ବସ୍ତୁର ଦ୍ରୁତ ବିଘଟନ ପ୍ରକ୍ରିୟାରେ ମଧ୍ୟ ଏହା ସାହାଯ୍ୟ କରେ (୪-୧୬ ସପ୍ତାହ) ।

ଡାଲି ଜାତୀୟ ଫସଲରେ ନିମ୍ନୋକ୍ତ ବ୍ୟାକ୍ଟେରିଆର ପ୍ରୟୋଗ :

ଦିଲ୍ଲୀ- ୧୩%, କାନପୁର- ୩୮%, ବନାରସ- ୯୯%

**ଆଜୋଲା :**

ଆଜୋଲା ଏହିଭଳି ଏକ ଜଳଜାତୀୟ ଫର୍ଣ୍ଣ । ଏହା ମୁଖ୍ୟତଃ ଧାନ ଫସଲରେ ବ୍ୟବହୃତ ହୁଏ । ଆଜୋଲ, ନାଇଟ୍ରୋଜେନ୍ ଫିକ୍ସିଙ୍ଗ୍ ଆନବେନା ସହ ମିଶି ଏକ ପ୍ରମୁଖ ଜୈବିକ ସାରର ଭୂମିକା ନିଭାଇଥାଏ । ଆଜୋଲା ଧାନ ଚାରାର ଧାଡ଼ି ଧାଡ଼ିରେ ମଧ୍ୟ ବଢ଼ାଯାଇପାରେ ଏବଂ ଏହାପରେ



ଏହାକୁ ନେଇ ପ୍ରୟୋଗ କରାଯାଏ । ବାୟୋମାସ୍ ଉତ୍ପାଦନ ପାଇଁ ଏହାକୁ ବ୍ୟବହାର କରାଯାଇଥାଏ । ଦ୍ରୁତ ନାଇଟ୍ରୋଜେନ୍ ଫିକ୍ସିଙ୍ଗ୍ ଭାବେ ମଧ୍ୟ ଆଜୋଲା ପିନଟା ବ୍ୟବହୃତ ହୁଏ । ଏତଦ୍‌ଭିନ୍ନ ଆଜୋସ୍ପିରିଲମ୍ ମଧ୍ୟ ବ୍ୟବହାର କରାଯାଏ । ଏହି ସବୁ ବର୍ତ୍ତମାନ ସମୟରେ ଏକ ଯୁଗାନ୍ତକାରୀ ପଦକ୍ଷେପ । କୃଷି କ୍ଷେତ୍ରରେ ଏହାର ଉପଯୋଗ ଉତ୍ପାଦନରେ ଶତଗୁଣ ବୃଦ୍ଧି କରିବା ସହ ହାନିକାରକ ହୋଇ ନଥାଏ ।



# ନଡ଼ିଆ ଗଛରେ କାଳିମୁଣ୍ଡି ପୋକ ନିୟନ୍ତ୍ରଣ

ନଡ଼ିଆ ଏକ ଅର୍ଥକାରୀ ଫସଲ ଏବଂ ନଡ଼ିଆ ଗଛ ରେ ଲାଗୁଥିବା କୀଟ ମାନଙ୍କ ମଧ୍ୟରୁ କାଳିମୁଣ୍ଡି ପୋକ ଗଛ ପାଇଁ ବିଶେଷ କ୍ଷତିକାରକ । ଏହା ଏକ ପ୍ରଜାପତି ଜାତୀୟ କୀଟ ଏବଂ ଏହାର ଲାର୍ଭା ଅବସ୍ଥା ଗଛ କୁ ପହୁଞ୍ଚାଇଥାଏ । ଏହି ଲାର୍ଭା ର ମୁଣ୍ଡ କଳା ରଙ୍ଗ ର ହୋଇଥିବାରୁ ଏହାକୁ କାଳିମୁଣ୍ଡି ପୋକ କୁହାଯାଏ । ଲାର୍ଭା ଟି ଦେଖିବାକୁ ଗାଢ଼ ଧୂସର ରଙ୍ଗର ଏବଂ ଅଣ୍ଡା ରୁ ବାହାରି ଏମାନେ ସବୁଜ ପତ୍ର କୁ ଖାଇଥାନ୍ତି । ପତ୍ର କୁ ଖାଇବା ସହ ଏମାନେ ପତ୍ରରେ ସୁଡଙ୍ଗ ତିଆରି କରନ୍ତି, ସେଥିରେ ଖାଇ ମଳତ୍ୟାଗ



କରନ୍ତି ଯାହା ଫଳ ରେ ପତ୍ର ର କେବଳ ମୁଖ୍ୟ ଶିରା ରହିଯାଏ କ୍ଷ ଦୂରରୁ ଦେଖିଲେ ନଡ଼ିଆ ବଗିଚ଼ା ପୋଡିଗଲା ପରି ଦେଖାଯାଏ ।

ପରିଚ଼ାଳନା:

- ଖରା ଦିନ ଆରମ୍ଭ ହେବ ପୂର୍ବରୁ ପୋକ ଦ୍ୱାରା କ୍ଷତ ପତ୍ର ଗୁଡିକୁ କାଟି ପୋଡିଦେବା ଉଚ଼ିତ ।

କ୍ଷ ଗଛ ଟି ଛୋଟ ଅବସ୍ଥା ରେ ଥିଲାବେଳେ ୪ ଲିଟର ପାଣିରେ ଡାଇକ୍ଲୋରୋଭସ୍ ୧ ମିଲି ଲିଟର ମିଶାଇ ଅକ୍ରାନ୍ତିତ ଗଛର ପତ୍ରରେ ସିଞ୍ଚନ କରିବା ଦ୍ୱାରା ହେଉଥିବା କ୍ଷତି କମ କରାଯାଇପାରିବ ।

- ବ୍ରାକନ ବ୍ରେଭିକରନିଶ ନାମକ ଭଅଁର ଜାତୀୟ ଶତ୍ରୁ ପୋକକୁ ନଡିଆ ଫସଲରେ ୭ରୁ ୧୦ ଦିନ ବ୍ୟବଧାନରେ ୩ ରୁ ୪ ଥର ପ୍ରୟୋଗ କରାଯାଏ । ଏହି ଶତ୍ରୁ ପୋକଟି କାଳିମୁଣ୍ଡି ଲାର୍ଭା ଦେହ ଭିତରେ ଅଣ୍ଡା ଦିଏ । ଅଣ୍ଡାରୁ ଛୁଆ ବାହାରି ଏହାକୁ ପୋକକୁ ଖାଇ ଦିଅନ୍ତି । ଯାହା ଫଳରେ କାଳିମୁଣ୍ଡି ପୋକର ବଂଶ ଲୋପପାଏ ଏବଂ ନଡିଆ ଗଛ ଗୁଡିକ କାଳିମୁଣ୍ଡି ପୋକର ଆକ୍ରମଣରୁ ରକ୍ଷା ପାଏ ।

ରୁଦ୍ର ପ୍ରତାପ ସୁବୁଦ୍ଧି
ସହାକରୀ ପ୍ରାଧାପକ,
ମିଟସ୍ , ରାୟଗଡ଼ା

# କୃଷି ପର୍ଯ୍ୟଟନ

କୃଷି ପର୍ଯ୍ୟଟନ କୃଷି ଭିତିକ କର୍ଯ୍ୟକଳାପ ସହ ଜଡିତ ଯାହା ପରିଦର୍ଶକ ମାନଙ୍କୁ ଆକୃଷ୍ଟ କରିବା ସହିତ ଚ଼ାଷ ଜମି ର ସୌନ୍ଦର୍ଯ୍ୟ ଏବଂ ଚ଼ାଷୀ ବିଷୟରେ ଜାଣିବାର ସୁଯୋଗ ସୃଷ୍ଟି କରିଥାଏ । ଲୋକମାନେ ବର୍ତମାନ ଖାଦ୍ୟ କିପରି ଉତ୍ପାଦିତ ହୁଏ , କିପରି ପ୍ରକ୍ରିୟାକରଣ ହୁଏ ଏବଂ କିପରି ବିଭିନ୍ନ ବଜାର ରେ ପହଞ୍ଚ ? , ସେ ବିଷୟରେ ଜାଣିବା ପାଇ ଇଚ୍ଛା ପ୍ରକାଶ କରୁଛନ୍ତି ।

ଆମ ଓଡିଶା ସାରା ଭାରତରେ ଉଭୟ



ଘରୋଇ ଏବଂ ବିଦେଶୀ ନାଗରିକ ଙ୍କ ପାଇଁ ଏକ ଲୋକପ୍ରିୟ କୃଷି ପର୍ଯ୍ୟଟନ ର ଗନ୍ତବ୍ୟସ୍ଥଳ ।

କୃଷି ପର୍ଯ୍ୟଟନ ମାଧ୍ୟମରେ ଓଡିଶା ରେ କୃଷକ ମାନଙ୍କ ଜୀବନଶୈଳୀ, ଆମର ସଂସ୍କୃତି ଏବଂ ପାରମ୍ପାରିକ ପ୍ରଥମିକତା ବିଷୟରେ ପର୍ଯ୍ୟଟକ ମାନେ ଅବଗତ ହୋଇପାରିବେ ଏହା ଛଡା ସ୍ଥାନୀୟ କୃଷି ଜାତୀୟ ଦ୍ରବ୍ୟ ଏବଂ ବିଭିନ୍ନ କୃଷି ପ୍ରକ୍ରିୟା ସହ ସିଧାସଳଖ ଯୋଡି ହୋଇପାରିବେ ।

ଦେଶ ର ସବୁଠାରୁ ଅଧିକ ଧାନ ଉତ୍ପାଦନ କରୁଥିବା ରାଜ୍ୟ ମଧ୍ୟରୁ ଓଡିଶା ଅନ୍ୟତମ । ଓଡିଶା ର ଧାନ ଉତ୍ପାଦନ ଦେଶ ର ମୋଟ ଚ଼ାଉଳ ଉତ୍ପାଦନ ର ଏକ ଦଶମାଂଶ ଅଟେ । ଆମ ରାଜ୍ୟ ରେ ଚ଼ାଷୀ ଙ୍କ ଦ୍ୱାରା ଚ଼ାଷ କରାଯାଉଥିବା ମୁଖ୍ୟ ଫସଲ ଗୁଡିକ ହେଉଛି ଧାନ, ଝୋଟ, ବିଭିନ୍ନ ତୈଳଜାତୀୟ ଫସଲ, ଡାଲି ଜାତୀୟ, ମକା, ଆଖୁ, ଚ଼ା, କପା, ରବର, ମାଣ୍ଡିଆ, ରାଗି, ଆଳୁ, ବିଭିନ୍ନ ଫଳ ଏବଂ ପଣି ପନିପରିବା ଇତ୍ୟାଦି । ଓଡିଶା ରେ ବିଭିନ୍ନ ଋତୁ ରେ ବିଭିନ୍ନ ଫସଲ ଚ଼ାଷ କରାଯାଇଥାଏ । ଏହା ସହିତ ଉପକୂଳବର୍ତ୍ତୀ ଜିଲ୍ଲା ମାନଙ୍କ ରେ ବିଭିନ୍ନ ପ୍ରଜାତି ର ମାଛ ,ଚ଼ିଙ୍ଗୁଡି ଏବଂ


ଅନିଲ କୁମାର ମିଶ୍ର

କଙ୍କଡା ଚ଼ାଷ କରାଯାଇଥାଏ । ପଶୁପାଳନ ଏବଂ କ୍ଷୀର ଉତ୍ପାଦନ ରେ ମଧ୍ୟ ଓଡିଶା ବହୁତ ଆଗରେ ।

କୃଷି ପର୍ଯ୍ୟଟନ ମାଧ୍ୟମରେ ପରିଦର୍ଶକ ମାନେ ଶସ୍ୟ ପର୍ଯ୍ୟଟନ , ପନିପରିବା ପର୍ଯ୍ୟଟନ , ଫଳ ପର୍ଯ୍ୟଟନ , ପଶୁପାଳନ ପର୍ଯ୍ୟଟନ ଏବଂ ମଛାଚ଼ାଷ ପର୍ଯ୍ୟଟନ ସ୍ଥଳ ବୁଲି ଦେଖି ପାରିବେ । କୃଷି ପର୍ଯ୍ୟଟନ କୃଷି , କୃଷକ , ଜନସାଧାରଣ ଏବଂ ସ୍ଥାନୀୟ ସମ୍ପ୍ରଦାୟ ପାଇଁ ଲାଭବାନ ସୂତ୍ର ।

❖ ଚ଼ାଷୀ ମାନେ ପ୍ରତ୍ୟକ୍ଷ ଭାବେ ନିଜ ଉତ୍ପାଦନ ର ବିପଣନ କରିପାରିବେ । କୃଷି ପର୍ଯ୍ୟଟନ ଚ଼ାଷୀ ଙ୍କୁ ମୂଲ୍ୟ ନିର୍ବାହକାରୀ ପରିବର୍ତ୍ତ ? ମୂଲ୍ୟ ନିର୍ମାତା ଭାବରେ ରୂପାନ୍ତର କରିପାରିବ ।

❖ କୃଷି ପର୍ଯ୍ୟଟନ କୃଷକ ପାଇଁ ଆୟର ଏକ ଅତିରିକ୍ତ ସହାୟକ ସ୍ରୋତ ହୋଇପାରିବ ଏବଂ ସେଇ ପୂର୍ବ ଜମି ଆଧାର ରେ ଚ଼ାଷୀ ଅଧିକ ଲାଭବାନ ହୋଇପାରିବ ।

❖ କୃଷି ପର୍ଯ୍ୟଟନ ସ୍ଥଳ ପାଇଁ ଆକର୍ଷିତ ହୋଇଥିବା ପରିଦର୍ଶକ ମାନେ ପୁରୁଣା କୃଷି ଦ୍ରବ୍ୟ କିଣିବା ପାଇଁ ମଧ୍ୟ ଆଗ୍ରହ ପ୍ରକାଶ କରିବେ ।

❖ ଫସଲ ଉତ୍ପାଦନ ସମୟ ଛଡା ମଧ୍ୟ ଟିକିଏ ଚ଼ତୁରତା ସହିତ ଚ଼ାଷୀ ବର୍ଷ ତମାମ ଅର୍ଥ ଉପାର୍ଜନ କରିପାରିବ ।

❖ ମୁଖ୍ୟତ କୃଷି ପର୍ଯ୍ୟଟନ ଦ୍ୱାରା କୃଷକ ଏବଂ ଗ୍ରାହକ ଙ୍କ ସହଭାଗୀତା କୁ ବୃଦ୍ଧି କରିବାରେ ସଫଳ ହୋଇପାରିବ ।

❖ ଏହା ମଧ୍ୟ ବିଦ୍ୟାଳୟ ରେ ପଢୁଥିବା ପିଲାମାନଙ୍କ ପାଇଁ ଏବଂ କୃଷି ଆଗ୍ରହୀ ଲୋକ ଙ୍କ ପାଇଁ ପ୍ରଶିକ୍ଷଣ ର ସୁଯୋଗ ସୃଷ୍ଟି କରିବା ସହିତ ପରିବାର ଅନୁକୂଳ ଗନ୍ତବ୍ୟସ୍ଥଳ ଖୋଜୁଥିବା ଲୋକ ମାନଙ୍କ ପାଇଁ ଏକ ମନୋରଞ୍ଜନ ର ମାଧ୍ୟମ ହୋଇପାରିବ, ଯେଉଁଠି ସେମାନେ ବ୍ୟସ୍ତ ବହୁଳ ଜୀବନ ରୁ ବାହାରି ଆସି ପ୍ରକୃତି, ଉଦ୍ଭିଦ, ଏବଂ ଘୋରୋଇ ପଶୁ ପକ୍ଷୀ ଙ୍କ ଗହଣ ରେ ସମୟ ଅତିବାହିତ କରିପାରିବେ ।

❖ କୃଷି ପର୍ଯ୍ୟଟନ କୃଷକ ଏବଂ ସ୍ଥାନୀୟ ସମ୍ପ୍ରଦାୟ ମଧ୍ୟରେ ଉତ୍ତମ ସମ୍ପର୍କ ସୃଷ୍ଟି କରିବା ସହିତ ଛୋଟ ସମ୍ପ୍ରଦାୟର ଉନ୍ନତି ରେ ମଧ୍ୟ ଅଂଶଧର ହେବ ।

❖ ପର୍ଯ୍ୟଟନ ଦ୍ୱାରା ସ୍ଥାନୀୟ ଉତ୍ପାଦନ ଏବଂ ସେବା ଗୁଡିକର ବିକ୍ରୟ ରେ ବୃଦ୍ଧି ହେବ ସହ ସ୍ଥାନୀୟ ଅଞ୍ଚଳ ରେ ନିଯୁକ୍ତି ମଧ୍ୟ ସୃଷ୍ଟି କରିବ ।

❖ ପଡୋଶୀ କ୍ଷୁଦ୍ର ଚ଼ାଷୀ ଙ୍କ ପାଇଁ ଏହା ଏକ ମାର୍କେଟିଂ ଭେନ୍ୟୁ ରୂପରେ ମଧ୍ୟ ବ୍ୟବହାର କରାଯାଇ ପାରିବ ।

କୃଷି ପର୍ଯ୍ୟଟନ କୃଷି , କୃଷକ , ଜନସାଧାରଣ ଏବଂ ସ୍ଥାନୀୟ ସମ୍ପ୍ରଦାୟ ଙ୍କ ମଧ୍ୟରେ ଏକ ସମନ୍ୱୟ ସମ୍ପର୍କ ବଢାଇବାରେ ସକ୍ଷମ ହେବା ସହ କୃଷକ ଙ୍କୁ ଅଧିକ ଲାଭଦାୟକ କରିପାରିବ । ସରକାର ମଧ୍ୟ କୃଷି ପର୍ଯ୍ୟଟନ କୁ ଗୁରୁତ୍ୱ ଦେବା ସହ ଚ଼ାଷୀ ମାନଙ୍କୁ ଏହି ସୁଯୋଗ ବିଷୟରେ ଅବଗତ କରାଇଲେ କୃଷି ଏବଂ କୃଷକ ର ଉନ୍ନତି ହୋଇପାରିବ ।

*କୃଷି ବିଶେଷଜ୍ଞ, ଭୁବନେଶ୍ୱର*

# କ୍ଷାରଜଳ ଜାଲଘର ମାଛ

ଅର୍ଦ୍ଧେନ୍ଦୁ ଶେଖର ମହାନ୍ତି

ବର୍ତ୍ତମାନ ଭାରତରେ ସାମୁଦ୍ରିକ ମତ୍ସ୍ୟକୃଷି ନୀଳ ବିପ୍ଳବର ଏକ ନୂତନ ପଦକ୍ଷେପ । ଏହା ଲକ୍ଷ୍ୟ କରାଯାଇଛି ଯେ ବିଗତ ଦଶଦଶନ୍ଧି ମଧ୍ୟରେ ଲୋକମାନଙ୍କର ସ୍ୱାସ୍ଥ୍ୟକର ପୋଷଣ ଏବଂ ବୈଦେଶିକ ମୁଦ୍ରା ପାଇଁ ମାଛ ପ୍ରତି ଆଦର ଯୋଗୁଁ ସାମୁଦ୍ରିକନ୍ ମାଛର ଘରୋଇ ଚାହିଦା ଅହେତୁକ ଭାବେ ଦିନକୁ ଦିନ ବୃଦ୍ଧି ପାଇବାରେ ଲାଗିଛି । ଯାହା ଫଳରେ ସାମୁଦ୍ରିକ ମାଛର ଜୋର ମୂଲ୍ୟ ମଧ୍ୟ ବିଶେଷ ଭାବରେ ବୃଦ୍ଧି ପାଉଛି । କିନ୍ତୁ ସ୍ଥଳ ଭାଗର ଭୂମିଖନନ ଏବଂ ବହୁଳ ବ୍ୟବହାରର ସମସ୍ୟା, ତତସହିତ ପାରିପାର୍ଶ୍ୱିକ ପରିବେଶ ପ୍ରଦୂଷଣର ସମସ୍ୟା ଯୋଗୁଁ ଉପକୂଳବର୍ତ୍ତୀ ସାମୁଦ୍ରିକ ମତ୍ସ୍ୟକୃଷିର ସମ୍ପ୍ରସାରଣ ଓ ଉନ୍ନୟନ ବର୍ତ୍ତମାନ ଏକ କାଠିକର ବ୍ୟାପାର ହୋଇ ପଡ଼ିଛି । ଏଣୁ ଏ ସବୁର ସମାଧାନ ନିମନ୍ତେ ଲୋକମାନଙ୍କ ମନରେ 'ସମୁଦ୍ରାଭିମୁଖୀ' ବା 'ସମୁଦ୍ର ମୁହାଁ' ନାମକ ଏକ ଚିନ୍ତାଧାରା ଜାଗ୍ରତ ହେବା ସଙ୍ଗେ ସଙ୍ଗେ ଏହା କ୍ଷୀପ୍ର ଗତିରେ ଅଗ୍ରସର ହେଉଛି, ବିଶେଷ କରି ସାମୁଦ୍ରିକ ମତ୍ସ୍ୟପାଳନ ନିମେନ୍ତ ।





କ୍ଷାରଜଳ ଜାଲଘର ମାଛଚାଷର **ଉପକାରିତା :**

୧) ପ୍ରାୟତଃ ସର୍ବାଧିକ ପ୍ରକାର ଜଳଉତ୍ସର ସମ୍ପୂର୍ଣ୍ଣ ବିନିଯୋଗ ଯେପରିକି ମୁକ୍ତ ସମୁଦ୍ର, ମୁହାଣ, ବୃହତଜଳାଶୟ, ନଦୀ, ହ୍ରଦ ଏବଂ କ୍ଷାରଜଳ ଉତ୍ସ ଇତ୍ୟାଦି ।

୨) ଗରିବ ଏବଂ ଜମିହୀନ କୃଷକ ପାଇଁ ଏହା ଏକ ଉତ୍କୃଷ୍ଟ ମାଧ୍ୟମ, କାରଣ ଏଥିପାଇଁ ଜମି କିମ୍ବା ଉତ୍ସର ଅଧିକାର ଆବଶ୍ୟକତା ନାହିଁ ।

୩) ଅନ୍ୟ ମତ୍ସ୍ୟକୃଷି ଅପେକ୍ଷା ଜାଲଘର ମାଛଚାଷରେ ମାଛ ମାନଙ୍କର ବୃଦ୍ଧି ଅପେକ୍ଷାକୃତ ଅଧିକ ହୋଇଥାଏ ।

୪) ପୋଖରୀ, ଗାଡ଼ିଆ ପରି ମାନଦ୍ଧ ଜଳାଶୟ ଅପେକ୍ଷା ଜାଲଘର ମାଛ ଚାଷରେ ୧୦-୧୨ ଗୁଣା ଅଧିକ ଉତ୍ପାଦନ ହୋଇଥାଏ ।

୫) ସମସ୍ତ ପରିଚାଳନା ଅତି ସହଜ ହୋଇଥାଏ । ଯଥା- ଖାଦ୍ୟଦେବା, ଯତ୍ନ ନେବା ଏବଂ ତଦାରଖ କରିବା ଇତ୍ୟାଦି ।

୬) ବର୍ଷରେ ସର୍ବାଧିକ ଥର ଉତ୍ପାଦନ କରିହେବା ଭଳି ଏକ ସୀମିତ ସମୟ ମାଛଚାଷ ।

୭) ବନ୍ୟା ଜନିତ କ୍ଷତିର ସର୍ବନାଶ ଭୟ ।

୮) କୌଣସି ପ୍ରକାର ଜଳସ୍ତର ହ୍ରାସର ପ୍ରଶ୍ନ ନାହିଁ ।

୯) କୌଣସି ପ୍ରକାର ଭୂମି ଖଳନ କିମ୍ବା ମାଟି ସମ୍ବନ୍ଧୀୟ ତଦାରଖର ଆବଶ୍ୟକତା ନାହିଁ ।

୧୦) ଜଳ ପରିବର୍ତ୍ତନର ଆବଶ୍ୟକତା ନାହିଁ ।

୧୧) ଯେହେତୁ ଅନ୍ୟ କୃଷିକାର୍ଯ୍ୟ ଠାରୁ ଏହାର ସ୍ଥାନ ଦୂର ଏବଂ ସମ୍ପୂର୍ଣ୍ଣ ଭିନ୍ନ । ତେଣୁ ରାସାୟନିକ ପଦାର୍ଥର ପ୍ରଭାବ ଏହା ଉପରେ ନାହିଁ କହିଲେ ଚଳେ ।

୧୨) ଉପଯୁକ୍ତ ବଜାର ସ୍ଥାନ ଦେଖି ଏହାକୁ ପରିଚାଳନା କରିବା ସଙ୍ଗେ ସଙ୍ଗେ ଆମଦାନୀ ଓ ରପ୍ତାନୀର ଅସୁବିଧାକୁ ମଧ୍ୟ ଏଡ଼ାଇ ଦିଆଯାଇ ପାରିବ ।

୧୩) ଏଥିରେ ସହଜ ଏବଂ ସମ୍ପୂର୍ଣ୍ଣ ମାଛ ଉତ୍ପାଦନ ସମ୍ଭବ ।

୧୪) ଏଥିରେ ଦିଆଯାଉଥିବା ଖାଦ୍ୟର ସମ୍ପୂର୍ଣ୍ଣ ବିନିଯୋଗ ହୋଇଥାଏ ।

୧୫) ସବୁଠାରୁ ବଡ଼ କଥା ହେଲା ଏଥିରେ କମ୍ ଖର୍ଚ୍ଚରେ ସର୍ବାଧିକ ଲାଭ ହୋଇଥାଏ ।

(ରେମୁଣା , ବାଲେଶ୍ୱର,
ମୋ -୯୧୭୮୪୪୦୬୫୭)




# ରାଜ୍ୟରେ ତିନି ହଜାର କିଲୋମିଟର ରାସ୍ତାର ହେବ ସାଇନେଜ ଅଡ଼ିଟ



ଓଡ଼ିଶା ସରକାରଙ୍କ ସଡ଼କ ଓ ପରିବହନ ବିଭାଗ ଏକ ଦୃଷ୍ଟାନ୍ତମୂଳକ କାର୍ଯ୍ୟକ୍ରମ ହାତକୁ ନେଇଛି। ଯାହାର ବଡ଼ ସୁଫଳ ଗାଡ଼ି ଚାଳକମାନେ ପାଇବେ ଏବଂ ସଡ଼କ ଦୁର୍ଘଟଣାରୁ ମଧ୍ୟ ସେମାନେ ମୁକ୍ତି ପାଇପାରିବେ। ରାଜପଥରେ ସାଇନେଜ ନଥିଲେ ଏହା ସଡ଼କ ବ୍ୟବହାରକାରୀଙ୍କୁ ଦ୍ୱନ୍ଦ୍ୱରେ ପକାଉଛି। ଏହାଦ୍ୱାରା ଦୁର୍ଘଟଣା ବୃଦ୍ଧି ପାଉଥିବା ଜଣା ପଡ଼ିଛି। ରାଜ୍ୟ ସଡ଼କ ପରିବହନ ବିଭାଗର ଏକ ପାଇଲଟ ପ୍ରୋଜେକ୍ଟ ଜରିଆରେ ୫୦ କିମି ରାସ୍ତାର ସାଇନେଜ ଅଡିଟ ପରେ ଏହା ସ୍ପଷ୍ଟ ହୋଇଛି। ଏକଥା ଜଣା ପଡ଼ିବା ପରେ ରାଜ୍ୟ ସଡ଼କ ପରିବହନ ବିଭାଗ ପ୍ରଥମ ପର୍ଯ୍ୟାୟରେ ରାଜ୍ୟର ୩ ହଜାର କିଲୋମିଟର ରାଜପଥର ସାଇନେଜ ଅଡିଟ କରାଯିବ। ଅର୍ଥାତ ରାସ୍ତାର ସବୁ ସ୍ଥାନରେ ସାଇନେଜ ଲାଗିବ। ଓଡ଼ିଶାରେ ୧୦୦ ପ୍ରତିଶତ ରାସ୍ତାକୁ ସଙ୍କେତ ଅନୁକୂଳ କରିବା ପାଇଁ ପରିହବନ ବିଭାଗ ପ୍ରଥମ ପର୍ଯ୍ୟାୟରେ ୩ ହଜାର କିଲୋମିଟର ରାସ୍ତା ପାଇଁ ସଡ଼କ ଚିହ୍ନ ଓ ମାର୍କିଂରେ ଅଡ଼ିଟ କରିବା ପାଇଁ ପଦକ୍ଷେପ ନେଉଥିବା ନେଇ ରାଜ୍ୟ ସଡ଼କ ପରିବହନ ବିଭାଗ ପକ୍ଷରୁ କୁହାଯାଇଛି।

ରାସ୍ତାରେ ମାନବୀୟ ତ୍ରୁଟି ଯୋଗୁଁ ଦୁର୍ଘଟଣା ଘଟୁଛି। ଠିକ ସାଇନେଜ ନ ଥିବାରୁ ଏହା ଦୁର୍ଘଟଣାର କାରଣ ହୋଇଛି। ଓଡ଼ିଶାରେ ୧୦୦ ପ୍ରତିଶତ ସଡ଼କ ସଙ୍କେତ ଅନୁକୂଳ କରିବା ପାଇଁ ପରିବହନ ବିଭାଗ ରାଜ୍ୟରେ ସଡ଼କ ସଙ୍କେତ ଅଡିଟ ଭଳି ଏକ ନିଆରା ପଦକ୍ଷେପ ହାତକୁ ନେଇଛି। ଉପଯୁକ୍ତ ସଡ଼କ ଚିହ୍ନ, ଟ୍ରାଫିକ ସଙ୍କେ ସରଳୀକରଣ, ସଡ଼କ ଇଂଜିନିୟରିଂ ବ୍ୟବସ୍ଥାରେ ସୁଧାର ଆଣି ସଡ଼କ ଦୁର୍ଘଟଣା ମାତ୍ରାକୁ କମ କରିବାକୁ ପଦକ୍ଷେପ ନିଆଯାଉଛି। ତ୍ରୁଟିପୂର୍ଣ୍ଣ ସାଇନେଜ ଓ ସିଗନାଲ ଗୁଡ଼ିକ ବହୁ ସମୟ ଟ୍ରାଫିକ ଜାମ ଓ ସଡ଼କ ଦୁର୍ଘଟଣାର କାରଣ ହୋଇଛି। ବିଶେଷଜ୍ଞଙ୍କ ସାହାଯ୍ୟରେ ସୁନ୍ଦରଗଡ଼ ଜିଲ୍ଲାର ୫୦ କିଲୋମିଟର ରାସ୍ତା, ଦେଓକର୍ଣ୍ଣପୁରରୁ କେସଇବାହାଲ ପର୍ଯ୍ୟନ୍ତ ରାଜ୍ୟ ରାଜପଥ ନଂ ୧୦ (ବିଜୁ ଏକ୍ସପ୍ରେସ)ରେ ମାର୍କିଂର ପରୀକ୍ଷାମୂଳକ ଅଡିଟ କରାଯାଇଥିଲା। ଅଧ୍ୟୟନରୁ ଜଣାପଡ଼ିଥିଲା କି ସଡ଼କ ବ୍ୟବହାରକାରୀଙ୍କ ପାଇଁ ସାଇନେଜର ଆବ୍ୟକତା ରହିଛି। ସଙ୍କେତ ନଥିବା ଛକ ଚାଳକଙ୍କ ମନରେ ଦ୍ୱନ୍ଦ୍ୱ ସୃଷ୍ଟି କରୁଛି। ଯାହା ଦୁର୍ଘଟଣାର ଅନ୍ୟତମ ପ୍ରମୁଖ କାରଣ ହେଉଛି। ନମୁନା ଅଡିଟର ଅନୁସନ୍ଧାନ ଓ ସୁପାରିସ ଅନୁଯାୟୀ ରାଜପଥ ପ୍ରସାରଣରେ ସଂଶୋଧନ କାର୍ଯ୍ୟ ଚାଲିଛି। ଏହି କାର୍ଯ୍ୟକ୍ରମରେ ସଂପୃକ୍ତ ଅଧିକାରୀମାନେ ତ୍ରୁଟିପୂର୍ଣ୍ଣ ସ୍ଥାନରେ ଠିକ ରୋଡ଼ ସାଇନେଜ ଲଗାଇବେ ଓ ନଷ୍ଟ ହୋଇଯାଇଥିବା ସାଇନେଜ ଗୁଡ଼ିକର ମରାମତି କରିବେ। ଆବଶ୍ୟକସ୍ଥଳେ ସେମାନେ ନୂତନ ରୋଡ଼ ସାଇନେଜ ସ୍ଥାପନ କରିବେ ବୋଲି ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି। ସବୁ କ୍ଷେତ୍ରରେ ପ୍ରଶାସନ ଠାରୁ ଆମ ସମସ୍ତଙ୍କର ସଚେତନତା ଓ ଗୁରୁଦାୟିତ୍ୱ ରହିଛି ଏହାକୁ ମନେ ରଖିବା ଜରୁରୀ।

**ନାଟ୍ୟସାରଥି ଅଭୟ କୁମାର ଦାସ, ଗୋତରା, ମାହାଙ୍ଗା, କଟକ, ଦୂରଭାଷ : ୯୪୩୭୧୪୨୭୧୭**

## ବାଇକ ଦୁର୍ଘଟଣାରେ ନାବାଳକ ସମେତ ୨ ଆହତ

ଧର୍ମଶାଳା (ପିଏନ୍): ଧର୍ମଶାଳା ଥାନା ଅନ୍ତର୍ଗତ ୧୬ ନଂ ଜାତୀୟ ରାଜପଥ ନେଉଳପୁର ନିକଟରେ ଶୁକ୍ରବାର ସକାଳେ ଏକ ସଡକ ଦୁର୍ଘଟଣାରେ ଜଣେ ବାଇକ ଆରୋହୀ ସମେତ ଜଣେ ନାବାଳକ ଆହତ ହୋଇଥିବା ଜଣାପଡିଛି। ସୂଚନା ମୁତାବକ ଯାଜପୁର ଅଂଚଳର ଦୀଲିପ ବାରିକ (୪୨) ନିଜ ଭଉଣୀ ଓ ଭଣଜା ବାଦଲ ପୃଷ୍ଟି (୬)ଙ୍କୁ ବାଇକରେ ବସାଇ କଟକ ଅଭିମୁଖେ ଯାଉଥିବା ବେଳେ ନେଉଳପୁର ନିକଟରେ ବାଇକ ଆଗକୁ କୁକୁର ପସି ଆସିବାରୁ ଭାରସାମ୍ୟ ହରାଇ ତଳେ ପଡିଯାଇଥିଲେ। ଫଳରେ ଦୀଲିପଙ୍କ ଗୋଡ ଭାଙ୍ଗିଯାଇଥିଲା ବେଳେ ବାଦଲ ଆହତ ହୋଇଥିଲା। ଖବର ପାଇ ଚଣ୍ଡିଖୋଲ ଦମକଳ ବାହୀନୀ ଆହତମାନଙ୍କୁ ଉଦ୍ଧାର କରି ବଡଚଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତି କରିଥିଲେ। ପ୍ରାଥମିକ ଚିକିତ୍ସା ପରେ ଉଭୟ ମାମୁ ଭଣଜାଙ୍କୁ କଟକ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିବା ଜଣାଯାଇଛି।

## ମଲ୍ଲିପଦରରେ ମୋତିଆ ବିନ୍ଦୁ ଚିହ୍ନଟ ଶିବିର

ଖୋର୍ଦ୍ଧା (ପିଏନ)-ବେଗୁନିଆ ବ୍ଲକ ଅନ୍ତର୍ଗତ କଂଟାବାଡ ପଂଚାୟତ ମଲ୍ଲିପଦର ଗ୍ରାମର ନୂଆ ପାରିଜାତ କ୍ଲବ ପରିସରରେ ରାଷ୍ଟ୍ର ଶକ୍ତି ମିଶନ ଓ ଆମ ଗାଁ ମହୋତ୍ସବ କମିଟି ପକ୍ଷରୁ ମୋତିଆ ବିନ୍ଦୁ ଚିହ୍ନଟ ଶିବିର ଅନୁଷ୍ଠିତ ହୋଇଥିଲା। ଏ ନେଇ ବିଜେଡି ଦଳର ରାଜ୍ୟ ସମ୍ପାଦକ ପ୍ରଦୀପ କୁମାର ସାହୁ ମୁଖ୍ୟଅତିଥି ଭାବେ ଯୋଗଦେଇ ଶିବିରକୁ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆମ ଗାଁ ମହୋତ୍ସବ କମିଟିର ଉପଦେଷ୍ଟା ସୁବାସ ମହାନ୍ତି, ସଭାପତି ବିଦ୍ୟାଧର ମହାରଣା, ସମ୍ପାଦକ ଶିଶିର କୁମାର ଆଚାର୍ଯ୍ୟ ଓ କୋଷାଧ୍ୟକ୍ଷ ପୂର୍ଣ୍ଣଚନ୍ଦ୍ର ବେହେରା ପ୍ରମୁଖ ଉପସ୍ଥିତ ରହି ଚକ୍ଷୁରୋଗର ସମସ୍ୟା ସମ୍ପର୍କରେ ଅବଗତ କରିଥିଲେ। ଏଥିରେ ଭୁବନେଶ୍ୱରର ସେଂଟର ଫର ସାଇଟ ଚକ୍ଷୁ ଚିକିତ୍ସାଳୟର କର୍ମଚାରୀ ସୁଧାଂଶୁ ଶେଖର ମହାପାତ୍ର, ମାନସ ସିଂହ ଓ ଦିପ୍ତୀରଂଜନ ପଣ୍ଡା ଯୋଗଦେଇ ମୋଟ ୫୬ ଜଣଙ୍କୁ ପରୀକ୍ଷା କରାଯାଇଥିଲା। ସେଥିରୁ ୧୮ ଜଣ ମୋତିଆ ବିନ୍ଦୁ ରୋଗୀ ଚିହ୍ନଟ କରାଯାଇଥିଲା। ଏହି କାର୍ଯ୍ୟକ୍ରମକୁ ସାମ୍ବାଦିକ ଯୋଗେଶ୍ୱର ପଣ୍ଡା ପରିଚାଳନା କରିଥିବାବେଳେ ମାଗୁଣୀ ସାମନ୍ତରାୟ, ରବୀନ୍ଦ୍ର କୁମାର ବାରିକ, ପ୍ରେମାନନ୍ଦ ମହାପାତ୍ର, ପ୍ରେମାନନ୍ଦ ସେଠୀ, ଚକ୍ରଧର ମହାରଣା, ବିକ୍ରମାଦିତ୍ୟ ପଣ୍ଡା ଓ ରଂଜନ କୁମାର ଦାଶ ସହଯୋଗ କରିଥିଲେ।

## ଠାକୁର ଅନୁକୂଳଚନ୍ଦ୍ରଙ୍କ ୧୩୫ତମ ଜନ୍ମୋତ୍ସବ

ଧର୍ମଶାଳା (ପିଏନ୍): ଧର୍ମଶାଳା ସତସଙ୍ଗ କେନ୍ଦ୍ର ପକ୍ଷରୁ ଜାରକାଠାରେ ପରମ ପ୍ରେମମୟ ଶ୍ରୀ ଶ୍ରୀ ଠାକୁର ଅନୁକୂଳ ଚନ୍ଦ୍ରଙ୍କ ୧୩୫ତମ ଜନ୍ମ ଉତ୍ସବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଦିବସ ବ୍ୟାପି ବହୁ କାର୍ଯ୍ୟକ୍ରମମାନ ଅନୁଷ୍ଠିତ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ଧର୍ମଶାଳା ସତସଙ୍ଗ କେନ୍ଦ୍ରର ସଭାପତି ପ୍ରାଧ୍ୟାପକ ରାମଚନ୍ଦ୍ର ସାହୁ ଅଧ୍ୟକ୍ଷତା କରିଥିଲେ। ମୁଖ୍ୟ ଅତିଥି ଭାବେ ତହସିଲଦାର ସ୍ୱାଗତ ଦାସ, ଅତିଥି ଭାବେ ଚଣ୍ଡିଖୋଲ ଆଂଚଳିକ ପରିବହନ ଅଧିକାରୀ ସମ୍ବିତ କୁମାର ଓ ଜିଲ୍ଲାପରିଷଦ ସଭ୍ୟ ଜଳଧର ମହାନ୍ତି ଯୋଗଦେଇ ଠାକୁର ଅନୁକୂଳଚନ୍ଦ୍ରଙ୍କ ଜୀବନୀ ଉପରେ ଆଲୋକପାତ କରିଥିଲେ। ଏହି ଅବସରରେ ଜଳବାୟୁ ପରିବର୍ତନ ସମୟରେ ବୃକ୍ଷର ଆବଶ୍ୟକତା ଉପଲବ୍ଧି କରି ଅତିଥିମାନେ ଚାରା ରୋପଣ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅନୁଷ୍ଠାନର ସମ୍ପାଦକ ଦୁର୍ଯ୍ୟୋଧନ ମହାନ୍ତି, ରମେଶ ଚନ୍ଦ୍ର ଜେନା, କୁଳମଣି ସାମଲ, ଅଜୟ କୁମାର ନାଥ, ନିଗମ ମହାନା, ସନ୍ତୋଷ ଦାସ ଓ ଦେବେନ୍ଦ୍ର ଜେନା ପ୍ରମୁଖ ଗୁରୁଭାଇମାନେ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଶେଷରେ ନାରାୟଣ ଚନ୍ଦ୍ର ସାମଲ ଧନ୍ୟବାଦ ଅର୍ପଣ କରିଥିଲେ।

# ଦେଶରେ କୃଷିର ସାମଗ୍ରିକ ସ୍ଥିତି !

ଭୁବନେଶ୍ୱର (ପିଏନ୍): ଭାରତୀୟ କୃଷିର ସାମଗ୍ରିକ ସ୍ଥିତି ସନ୍ତୋଷଜନକ ନୁହେଁ। ସେଥିରେ ଓଡ଼ିଶା ଭଳି ଅନଗ୍ରସର ରାଜ୍ୟରେ ଯେ ଚାଷବାସର ହାଲତ ଭଲ ରହିବ ତାହା ଭାବିବା ଠିକ୍ ନୁହେଁ। ଦୀର୍ଘକାଳଧରି ଓଡ଼ିଶାର କୃଷି କ୍ଷେତ୍ର ଅବହେଳିତ ହୋଇରହିବା ପରେ ଗତ ୪/୫ ବର୍ଷ ଧରି ରାଜ୍ୟ ସରକାର ଏ କ୍ଷେତ୍ର ପ୍ରତି ସ୍ୱତନ୍ତ୍ର ଦୃଷ୍ଟି ଦେଇଛନ୍ତି। ଚାଷବାସ ପାଇଁ ଅଧିକ ପୁଞ୍ଜିନିବେଶ, ସ୍ୱତନ୍ତ୍ର ନୀତି ପ୍ରଣୟନ ଓ ଯୋଜନା ଆଦି ହାତକୁ ନିଆଯାଇଛି। ସେଥିମଧ୍ୟରୁ ସ୍ୱତନ୍ତ୍ର କୃଷି ବଜେଟ ଅନ୍ୟତମ। ଏହି କ୍ଷେତ୍ରର ଦକ୍ଷତାର ପୂର୍ଣ୍ଣ ଉପଯୋଗ କରିବାପାଇଁ ଯେଉଁ ଉଦ୍ୟମ ହେଉଛି ତାହା ତତ୍କାଳ ବା କମ୍ ସମୟରେ ଫଳ ଦେବାର ସମ୍ଭାବନା କ୍ଷୀଣ। ଏହା ଜାଣି ମଧ୍ୟ ରାଜ୍ୟ ସରକାର କୃଷିକ୍ଷେତ୍ରର ଉପଲବ୍ଧି ନେଇ ମଝିରେ ମଝିରେ ଯେଉଁସବୁ ଦାବି କରୁଛନ୍ତି ତାହା ହାସ୍ୟାସ୍ପଦ ଲାଗେ। ଏଭଳି ଆକାଶରୁ ତୋଳିଆଣିବା ଭଳି ସଫଳତା ପଛରେ ପରିସଂଖ୍ୟାନର ପ୍ରହେଳୀ ସହିତ ରାଜନୈତିକ କାରଣ ଅଧିକ। ସଫଳତାର ଶ୍ରେୟ ନେବାକୁ ସରକାରଙ୍କୁ କେହି ମନାକରୁନାହାନ୍ତି; କିନ୍ତୁ ଉଦ୍ୟମର ଗଛ ଭୂଇଁରୁ ଉଠିବା ପୂର୍ବରୁ ତା'ର ଫଳକୁ ନେଇ ଦାବି ଜଣାଇବା ସର୍ବଦା ହାସ୍ୟାସ୍ପଦ। ଜାତୀୟ କୃଷି କର୍ମଣ ପୁରସ୍କାର ସେଥିମଧ୍ୟରୁ ଗୋଟିଏ। ଏହା ଜାତୀୟ ସ୍ତରରେ ବିଭିନ୍ନ ଶ୍ରେଣୀର ରାଜ୍ୟମାନଙ୍କୁ ଭିନ୍ନଭିନ୍ନ ବର୍ଗରେ ମିଳିଥାଏ। ଓଡ଼ିଶା ଯେଉଁ ବର୍ଗରେ ଅଛି ସେଥିରେ ଧାନ ଉତ୍ପାଦନ କ୍ଷେତ୍ରରେ ଦ୍ୱିତୀୟ ବର୍ଗର ରାଜ୍ୟମାନେ ରହିଛନ୍ତି। ବିଗିଡ଼ିଯାଇଥିବା ଉତ୍ପାଦନ ଧାରାକୁ ବ୍ୟବସ୍ଥିତ କରି ଅମଳ ବଢ଼ାଇବାପାଇଁ ଏହି ପୁରସ୍କାର ଦିଆଯାଇଥାଏ। ସେଥିପାଇଁ ସେହି ବର୍ଗର ରାଜ୍ୟମାନଙ୍କ ମଧ୍ୟରେ ପ୍ରତିଯୋଗିତା ହୋଇଥାଏ। ଏହା ଜାତୀୟ ସ୍ତରରେ ପ୍ରଦାନ କରାଯାଉଥିଲେ ମଧ୍ୟ ସର୍ବଭାରତୀୟ ସ୍ତରରେ ଏକକ ଶ୍ରେଷ୍ଠ ପ୍ରଦର୍ଶନର ସଫଳତା ନୁହେଁ। ତେଣୁ ଏହି ସଫଳତାରେ ଆତ୍ମହରା ନ ହୋଇ ବରଂ ପ୍ରଥମ ବର୍ଗରେ ଥିବା ରାଜ୍ୟମାନଙ୍କ ସହ ପ୍ରତିଯୋଗିତା କରିବାକୁ ପ୍ରୟାସ ଆରମ୍ଭ ହେବା ଆବଶ୍ୟକ। ଦ୍ୱିତୀୟ ପ୍ରସଙ୍ଗଟି ହେଲା ଡାଲିଜାତୀୟ ଫସଲ ଓ ତୈଳବୀଜ ଉତ୍ପାଦନ ପାଇଁ ରାଜ୍ୟରେ ଆବଶ୍ୟକ ସୁବିଧାସୁଯୋଗ ଥିବା ସତ୍ତ୍ୱେ ଏ କ୍ଷେତ୍ରରେ ଓଡ଼ିଶାର ପ୍ରଦର୍ଶନ ନୈରାଶ୍ୟଜନକ। ଡାଲି ଓ ତୈଳବୀଜ ଉତ୍ପାଦନ କ୍ଷେତ୍ରରେ ଓଡ଼ିଶା ଆତ୍ମନିର୍ଭରଶୀଳ ହୋଇ ନ ପାରିବାର କାରଣ ଅନୁଧ୍ୟାନ କରି ସରକାର ପଦକ୍ଷେପ ନେଲେ ଭଲ ହେବ। କପା, ଆଖୁ, ଛୋଟଶସ୍ୟ ଆଦି କଥା ମଧ୍ୟ ଆମକୁ ଚିନ୍ତା କରିବାକୁ ପଡ଼ିବ; କାରଣ ଏଥିରେ ଓଡ଼ିଶା ବହୁତ ପଛରେ। ଉଦ୍ୟାନକୃଷି ମଧ୍ୟ ସ୍ୱତନ୍ତ୍ର ଦୃଷ୍ଟି ଆବଶ୍ୟକ କରେ। ଆମର ମତ୍ସ୍ୟ ଓ ପ୍ରାଣୀସଂପଦ ବିଭାଗର ପ୍ରଦର୍ଶନ ଅପେକ୍ଷାକୃତ ଭଲ ହେଲେ ମଧ୍ୟ ଏ କ୍ଷେତ୍ରରେ ବିଶାଳ ସମ୍ଭାବନାକୁ ଏବେ ମଧ୍ୟ ଉପଯୋଗ କରାଯାଇ ପାରିନାହିଁ। ନମୁନା ସର୍ଭେ ତଥ୍ୟକୁ ଭିତ୍ତିକରି ଏବେ ରାଜ୍ୟ ସରକାର କହୁଛନ୍ତି ଓଡ଼ିଆଚାଷୀଙ୍କ ଆୟ ଦୁଇଗୁଣ ହୋଇଛି। ଏ ଦାବି ପଛରେ ବିଶେଷ କିଛି ଗର୍ବ କରିବା ବା ବାହାଦୁରି ନେବାର ନାହିଁ। ଦଶବର୍ଷ ତଳେ ଦେଶ ବା ରାଜ୍ୟର ସାଧାରଣ ମୂଲ୍ୟସୂଚୀ ଯାହାଥିଲା ଏବେ ତାହା ପାଖାପାଖି ୫ଗୁଣ ବଢ଼ିଛି। ସାମଗ୍ରୀ ମହଙ୍ଗା ହୋଇଥିବାବେଳେ ଟଙ୍କାର କ୍ରୟଶକ୍ତି କମିଛି। ସବୁ ଜିନିଷର ମୂଲ୍ୟ ବଢ଼ିଥିବାବେଳେ କୃଷିଜାତ ସାମଗ୍ରୀର ମୂଲ୍ୟ ବଢ଼ିଛି। ତଦନୁସାରେ ଚାଷୀ ତା'ର ଉତ୍ପାଦିତ ସମାଗ୍ରୀର ମୂଲ୍ୟ ବଢ଼ାଇବାକୁ ବାଧ ହୋଇଛି। ଏହି ମୂଲ୍ୟରେ ତା'ର ଉତ୍ପାଦନ ଖର୍ଚ୍ଚ, ନିଜସ୍ୱ ମଜୁରି ଓ ଅନ୍ୟାନ୍ୟ ଖର୍ଚ୍ଚ ରହିଛି। ତେଣୁ ତାହାର ଆୟ ବଢ଼ିଛି ବୋଲି କହିବା ଠିକ୍ ନୁହେଁ। ଯଦି ଚାଷୀଙ୍କର ଉତ୍ପାଦନରେ ଉଲ୍ଲେଖନୀୟ ବୃଦ୍ଧି ଘଟିଥା'ନ୍ତା, ତା'ହେଲେ ସେମାନେ ଲାଭବାନ ହୋଇଥାନ୍ତେ। କୃଷି କ୍ଷେତ୍ରରେ ବିଭିନ୍ନ ଅଗ୍ରଣୀ ରାଜ୍ୟର କୃଷିଜାତ ଦ୍ରବ୍ୟ ଅମଳ ପରିମାଣ ହେକ୍ଟର ପିଛା ଯାହା ଓଡ଼ିଶା ସେଥିରେ ବହୁ ପଛରେ। ସେହିଭଳି ଚାଷଜମିରେ ବିଜ୍ଞାନ ଓ ପ୍ରଯୁକ୍ତି ବିଦ୍ୟାର ଉପଯୋଗ କ୍ଷେତ୍ରରେ ମଧ୍ୟ ଓଡ଼ିଶା ପଛରେ। ଏଠାରେ ସାର ବ୍ୟବହାର ମଧ୍ୟ ଜାତୀୟ ହାରଠାରୁ କମ୍। ସର୍ବୋପରି ଓଡ଼ିଶାରେ ଏବେ ବିଭିନ୍ନ କାରଣରୁ ଅଧା ଚାଷଜମି ପଡ଼ିଆ ପଡୁଛି। ଚାକିରି କରିଥିବା ଲୋକଙ୍କ ବେତନ, ମଜୁରି ଓ ଦରଦାମ ଯେଉଁ ତୁଳନାରେ ବଢ଼ିଛି ତଦନୁସାରେ ଚାଷୀର ଆୟ ନଗଣ୍ୟ। ତେଣୁ ଏହାକୁ ନେଇ ସରକାର ଛାତି ଫୁଲେଇ ବାହାବା ନେବା ତୁଚ୍ଛା ବାହାଦୁରି। ଓଡ଼ିଆ ଚାଷୀର ଆୟ ଯଦି ୪/୫ ଗୁଣା ବଢ଼ିଥା'ନ୍ତା ତେବେ ଏହାକୁ ନେଇ ଗର୍ବ କରିହୋଇଥାନ୍ତା। ରାଜ୍ୟର ମୋଟ ୭୦ ଶତାଂଶ ଲୋକ କୃଷି ଉପରେ ନିର୍ଭରଶୀଳ। ସେମାନଙ୍କ ମଧ୍ୟରୁ ଅଧିକାଂଶ କେବଳ ପରିବାର ପୋଷଣ ପାଇଁ ଚାଷ କରିଥାନ୍ତି। ଏହାସତ୍ତ୍ୱେ ରାଜ୍ୟର ମୋଟ ଘରୋଇ ଉତ୍ପାଦନରେ କୃଷିକ୍ଷେତ୍ରର ଅବଦାନ ୧୮ ଶତାଂଶ ଯାହା ନଗଣ୍ୟ। ଏହି କ୍ଷେତ୍ରରେ ଯେତେ ଲୋକ ସମ୍ପୃକ୍ତ ସେମାନଙ୍କ ମଧ୍ୟରୁ ଅଧେଙ୍କୁ ବାହାର କରିଦେଇ ଅନ୍ୟ କ୍ଷେତ୍ରରେ କାମଧନ୍ଦା ଯୋଗାଇଲେ ବରଂ ସେମାନଙ୍କ ଆୟ ବଢ଼ିବ। ଚାଷବାସ ଭଳି ସୀମିତ କ୍ଷେତ୍ରରେ ଅସୀମିତ ଲୋକଙ୍କ ସମ୍ପୃକ୍ତି ସମ୍ପୃକ୍ତ ଲୋକଙ୍କ ଆୟ ବୃଦ୍ଧିରେ ସହାୟକ ହେବନାହିଁ। ଓଡ଼ିଶା ସରକାର କୃଷି ବିକାଶର ଡିଣ୍ଡିମ ପିଟୁଥିବାବେଳେ ରାଜ୍ୟରେ ଚାଷୀ ଆତ୍ମହତ୍ୟା ଓ ଧାନଭଳି କୃଷିଜାତ ପଦାର୍ଥର ଅଭାବୀ ବିକ୍ରି ଏକ ନିତିଦିନିଆ ଘଟଣା ପାଲଟିଛି। ଯେଉଁ ସାମଗ୍ରୀର ଚାହିଦା ରହିଛି ତାହାକୁ ଚାଷ ନ କରି କେବଳ ଧାନଚାଷରେ ମାତିଲେ ସମସ୍ୟାର ସମାଧାନ ତ ହେବନାହିଁ, ବରଂ ଏହା ବଢ଼ିବ। ରାଜ୍ୟ ସରକାର ଏ ଦିଗପ୍ରତି ଦୃଷ୍ଟିଦେଇ ନୂଆ ନୀତି ପ୍ରଣୟନ କରନ୍ତୁ। ଖାଦ୍ୟଶସ୍ୟ ସହ ଡାଲି, ତୈଳବୀଜ, ପନିପରିବା, ଆଳୁପିଆଜ, ମାଛମାଂସ ଭଳି ବହୁଳ ବ୍ୟବହୃତ ଜିନିଷରେ ଓଡ଼ିଶା ଆତ୍ମନିର୍ଭରଶୀଳ ହୋଇପାରିଲେ ଯାଇ ଆମେ ନିଶଫୁଲାଇ ତାଲିପାରିବା ଏବଂ ଗର୍ବର ସହ ଆମ କୃଷି ଉପଲବ୍ଧିର କାହାଣୀ କହିପାରିବା।

# ପ୍ରଦେଶ ଛାତ୍ର କଂଗ୍ରେସର 'ଛାତ୍ର ଯୋଡ଼ୋ ଭାରତ ଯୋଡ଼ୋ' କାର୍ଯ୍ୟକ୍ରମ

ଭୁବନେଶ୍ୱର (ପିଏନ୍)-ପ୍ରଦେଶ ଛାତ୍ର କଂଗ୍ରେସ ପକ୍ଷରୁ ସଭାପତି ୟାସିର ନୱାଜଙ୍କ ନେତୃତ୍ୱରେ ମହର୍ଷି କଲେଜଠାରୁ ଉତ୍କଳ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ 'ଛାତ୍ର ଯୋଡ଼ୋ ଭାରତ ଯୋଡ଼ୋ' କାର୍ଯ୍ୟକ୍ରମରେ ଏକ ପଦଯାତ୍ରା ହୋଇଥିଲା। ଛାତ୍ର କଂଗ୍ରେସ କର୍ମକର୍ତାମାନେ ଏବଂ ଛାତ୍ରଛାତ୍ରୀମାନେ ମହର୍ଷି କଲେଜରୁ ଯାତ୍ରା ଆରମ୍ଭ କରି ରମାଦେବୀ ବିଶ୍ୱବିଦ୍ୟାଳୟ ଦେଇ ଉତ୍କଳ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ ଯାଇଥିଲେ। ସେଠାରେ ଉତ୍କଳ ବିଶ୍ୱବିଦ୍ୟାଳୟ ପରିକ୍ରମା କରାଯାଇଥିଲା। ଏଠାରେ ସୂଚନାଯୋଗ୍ୟ ଯେ ୟାସିର ନୱାଜଙ୍କ ଆହ୍ୱାନରେ ରାହୁଲ ଗାନ୍ଧୀଙ୍କର ଭାରତଯୋଡ଼ କାର୍ଯ୍ୟକ୍ରମକୁ ଓଡ଼ିଶାର ସମସ୍ତ ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟ ପର୍ଯ୍ୟନ୍ତ ଆଗେଇ ନିଆଯିବ। ଓଡ଼ିଶାର ସାରା ମଧ୍ୟ ଏହି କାର୍ଯ୍ୟକ୍ରମ ଏବେ ଚାଲିଛି। ଏଥିରେ ବହୁ ଛାତ୍ରଛାତ୍ରୀ ଅଂଶଗ୍ରହଣ କରି ଭାରତ ଯୋଡ଼ୋ କାର୍ଯ୍ୟକ୍ରମ ପ୍ରତି ତାଙ୍କର ସମର୍ଥନ ବ୍ୟକ୍ତ କରୁଛନ୍ତି। ଏହି କାର୍ଯ୍ୟକ୍ରମରେ ଶ୍ରୀ ନୱାଜ କହିଥିଲେ ଯେ ଦେଶର ଅଖଣ୍ଡତା ରକ୍ଷା କରିବାପାଇଁ, ଗଣତନ୍ତ୍ର ଓ ସମ୍ବିଧାନକୁ ସଶକ୍ତ କରିବାପାଇଁ, ଦେଶର ସମ୍ପତି ବିକ୍ରିକୁ ରୋକିବା ପାଇଁ ଏବଂ ବିଶେଷ କରି ଘୃଣା, ହିଂସା, ଦ୍ୱେଷକୁ ପରିହାର କରି ଏକ ନୂତନ ଭାରତବର୍ଷର ଗଠନର ପ୍ରଚେଷ୍ଟା ହେଉଛି ଭାରତ ଯୋଡ଼ୋ କାର୍ଯ୍ୟକ୍ରମର ମୂଳଲକ୍ଷ୍ୟ। ନବୀନ ସରକାରଙ୍କର ଛାତ୍ର ବିରୋଧୀ ନୀତିର ତୀବ୍ର ସମାଲୋଚନା କରି ସେ କହିଥିଲେ ଯେ ଓଡ଼ିଶାର ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟଗୁଡ଼ିକୁ ଛାତ୍ର ବିଜେଡ଼ିର ଦଳୀୟ କାର୍ଯ୍ୟାଳୟରେ ପରିଣତ କରିବାପାଇଁ ମୁଖ୍ୟମନ୍ତ୍ରୀ ଚକ୍ରାନ୍ତ କରୁଛନ୍ତି। ଗୋଟିଏ ପଟେ ଚାରିବର୍ଷ ହେଲା ଛାତ୍ର ସଂସଦର ନିର୍ବାଚନ ବନ୍ଦ କରାଯାଇଥିଲା ବେଳେ, ଛାତ୍ର ବିଜେଡ଼ି ପକ୍ଷରୁ କ୍ୟାମ୍ପସ କମିଟି ଗଠନ କାର୍ଯ୍ୟକ୍ରମ ସମସ୍ତଙ୍କୁ ଆଶ୍ଚର୍ଯ୍ୟାନ୍ୱିତ କରିଛି। ୨୨ ବର୍ଷ ଭିତରେ ଛାତ୍ର ବିଜେଡ଼ି ଏକ ନିକମା, ମେରୁଦଣ୍ଡବିହୀନ, ମସ୍ତକ ବିହୀନ, ସ୍ୱାଭିମାନ ରହିତ, ଗୋଡ଼ାଣିଆ, ଅନ୍ଧ, ମୂକ, ବଧିର ସଂଗଠନ ଭାବରେ ରହିଛି। ଏମାନେ କେବେ ଛାତ୍ରସ୍ୱାର୍ଥ ପାଇଁ ସ୍ୱର ଉତୋଳନ କରନ୍ତି ନାହିଁ। କେବଳ ନବୀନବାବୁଙ୍କ ଜୟଜୟକାର କରିବା ଛଡ଼ା ଛାତ୍ର ବିଜେଡ଼ିର ଦ୍ୱିତୀୟ କାର୍ଯ୍ୟ କିଛି ନାହିଁ। ଏମାନେ କେବେ ଆନ୍ଦୋଳନ କରି ରାସ୍ତା ଉପରକୁ ଓହ୍ଲାଇ ନାହାନ୍ତି। ସାରା ରାଜ୍ୟରେ କ୍ୟାମ୍ପସ ଅସୁରକ୍ଷିତ, ଛାତ୍ରଛାତ୍ରୀ ଏବଂ ଅଭିଭାବକମାନଙ୍କୁ ପ୍ରାଇଭେଟ କଲେଜର ମାଲିକମାନେ ଶୋଷଣ କରୁଛନ୍ତି। କଲେଜ ଫି ବଢ଼ି ବଢ଼ି ଚାଲିଛି, ର୍ୟାଗିଂ ଚାପରେ ଛାତ୍ରଛାତ୍ରୀ ଆତ୍ମହତ୍ୟା କରୁଛନ୍ତି, ଅଧାପକମାନଙ୍କର ଘୋର ଅଭାବ, ଭିତିଭୂମି ନାହିଁ, ଜାଲ ସାର୍ଟିଫିକେଟରେ ଆଡମିଶନ ହେଉଛି, ଡେଭଲପମେଂଟ ଫଣ୍ଡ ଲୁଟି ନିଆଯାଉଛି। ଆମେ ଆନ୍ଦୋଳନ କରୁଛୁ ମାତ୍ର ଛାତ୍ର ବିଜେଡ଼ି ଚୁପ ବସିଛି। ଏବିଭିପି ମଧ୍ୟ ବିସିଜେଡ଼ି ସହ ହାତ ମିଳାଇଛି। ଅପରପକ୍ଷରେ ବର୍ଷକୁ ନବୀନ ପଟ୍ଟନାୟକ ୨ଲକ୍ଷ ଏବଂ ନରେନ୍ଦ୍ର ମୋଦି ୨ କୋଟି ନିଯୁକ୍ତି ଦେବେ ବୋଲି ପ୍ରତିଶ୍ରୁତି ଦେଇ ଏବେ ଛାତ୍ରଛାତ୍ରୀମାନଙ୍କୁ ଓ ବେକାର ଯୁବକ ଯୁବତୀମାନଙ୍କୁ ଭୂଆଁ ବୁଲାଉଛନ୍ତି। ମହଙ୍ଗାମାଡ଼ ଜନସାଧାରଣଙ୍କର ମେରୁଦଣ୍ଡ ଭାଙ୍ଗି ଦେଇଛି। ଖଣି, ରେଳବାଇ, ଏଲଆଇସି, ବିଏସଏନଏଲ, ବନ୍ଦର ଯାହା ସବୁ ଦେଶର ସଂପତି ରହିଛି ସବୁ ଗୋଟି ଗୋଟି କରି ନରେନ୍ଦ୍ର ମୋଦି ନିଜର ବନ୍ଧୁ ଶିଳ୍ପପତିମାନଙ୍କୁ ଦାନ କରିଦେଉଛନ୍ତି। ଘୃଣା, ହିଂସା, ଜାତିବାଦ, ଖାଦ୍ୟ ଓ ପୋଷାକ ଆଧାରରେ ଭାରତକୁ ଭାଗ ଭାଗ କରିବାପାଇଁ ଚକ୍ରାନ୍ତ ଚାଲିଛି। ଜାତୀୟ ଶିକ୍ଷା ନୀତି ୨୦୨୦ ପ୍ରଣୟନ କରାଯାଇଛି ଯାହାକି ବିଜେପି ଓ ଆରଏସଏସ ପ୍ରସ୍ତୁତ ଏକ ଶିକ୍ଷା ବ୍ୟବସ୍ଥା। ଶିକ୍ଷା ବ୍ୟବସ୍ଥାକୁ ସଂପୂର୍ଣ୍ଣ ବିପର୍ଯ୍ୟସ୍ତ କରିଦିଆଯାଇଛି। ରାହୁଲ ଗାନ୍ଧୀ ଏହି ପ୍ରସଙ୍ଗ ସମୂହରେ ଭାରତ ଯୋଡ଼ୋ କାର୍ଯ୍ୟକ୍ରମର ନେତୃତ୍ୱ ନେଉଥିବା ବେଳେ ଓଡ଼ିଶାରେ ଏହି କାର୍ଯ୍ୟକ୍ରମକୁ ଆଗେଇ ନେବାପାଇଁ ଛାତ୍ର କଂଗ୍ରେସ ଛାତ୍ର ଯୋଡ଼ୋ କାର୍ଯ୍ୟକ୍ରମ କରୁଛି। ପ୍ରତ୍ୟେକ କଲେଜ ଓ ବିଶ୍ୱବିଦ୍ୟାଳୟରେ ପଂହଚିବା ଆମର ଲକ୍ଷ୍ୟ। ଏହି କାର୍ଯ୍ୟକ୍ରମରେ ମନୋଜ ବିଶ୍ୱାଳ, କିରଣ ସାହୁ, ନିହାର ବେହେରା, ସ୍ୱାଗତ କର, ସୁନିଲ ମାଟିଆ, ଜଗଦିଶ ଗଜେନ୍ଦ୍ର, ସ୍ମୃତିରନ ତ୍ରିପାଠୀ, ନିହାର ବେହେରା, ରଣଜିତ ସେନାପତି, କାର୍ତିକେଶ୍ୱର କାଣ୍ଡି, ବିଶ୍ୱଭୂଷଣ ମହାପାତ୍ର, ବିଭୁତିଭୂଷଣ ମହାପାତ୍ର, ନିଆଜୁଲ ଇସଲାମ, ସାହାରୁଖ ଖାନ, ଉଦିତ୍ ପ୍ରଧାନ, ମହମ୍ମଦ ସମିଉଲ, ଭାଗ୍ୟଶ୍ରୀ ମହାନ୍ତି, ରାଜଲକ୍ଷ୍ମୀ ସାହୁ, ସ୍ନେହା ଜେନା, ସୌମ୍ୟବ୍ରତ ଷଣ୍ଡ, ସୟଦ ଆଜମ ଅଲ୍ଲୀ, ଆର୍ଯ୍ୟାନ ସାସମଲ, ଅବଦୁଲ ଆବ୍ରାର, ବାସୁଦେବ ନାର୍ଥ ଶର୍ମା, ଅପର୍ଣ୍ଣା ଜେନା, ଲିପ୍ସା ପରିଡ଼ା, ରାଜେଶ୍ୱରୀ ବିଶ୍ୱାଳ, ବାସନ୍ତ ଗାଗରାଇ, ପ୍ରତ୍ୟୁଷ ରଂଜନ ପ୍ରଧାନ ଓ ସୁନିଲ ସାହୁ ଗାନ୍ଧୀ ପ୍ରମୁଖ ବହୁ ଛାତ୍ର ନେତା ଓ ଛାତ୍ରଛାତ୍ରୀ ଅଂଶଗ୍ରହଣ କରିଥିଲେ।

## ଏସେଲସ୍ ପବ୍ଲିକ ସ୍କୁଲ ପକ୍ଷରୁ ଉଡାନ ଓ ଲିଟେରାରୀ କ୍ଲବ ଉଦଘାଟିତ



କଟକ (ପିଏନ୍): କଟକ ସେକ୍ଟର-୯ସ୍ଥିତ ଏସେଲସ୍ ପବ୍ଲିକ ସ୍କୁଲ ଓଡ଼ିଶାର ପ୍ରଥମ ବିଦ୍ୟାଳୟ ଭାବେ ପିଲାମାନଙ୍କ ପାଇଁ ଉଡାନ ଓ ପ୍ରଦର୍ଶ ଶୀର୍ଷକ କାର୍ଯ୍ୟକ୍ରମ ଉଦଘାଟିତ ହୋଇଯାଇଛି। ବିଦ୍ୟାଳୟର ନିର୍ଦ୍ଦେଶିକା ଡକ୍ଟର ମେଘନା ମିଶ୍ରଙ୍କ ପୌରୋହିତ୍ୟରେ ଏହି କାର୍ଯ୍ୟକ୍ରମରେ ଅତିଥି ବକ୍ତା ଭାବେ ରୁହିନା ପ୍ରିୟଦର୍ଶିନୀ ଯୋଗ ଦେଇ ସକାରାତ୍ମକ ଓ ମନସ୍ତାତ୍ତ୍ୱିକ ପ୍ରଶିକ୍ଷଣ ଉପରେ ଆଲୋକପାତ କରିଥିଲେ। ଶହେଜଣ ଅଭିଭାବକ ଯୋଗଦେଇଥିବାବେଳେ ବିଦ୍ୟାଳୟର ଅଧକ୍ଷା ମଞ୍ଜୁଶ୍ରୀ ମିଶ୍ର କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ। ପିଲାମାନେ ନିଜ ଦକ୍ଷତା ଓ ନିଜ ଭିତରର ଶ୍ରେଷ୍ଠତାକୁ ପ୍ରଦର୍ଶନ କରିବା ପାଇଁ ସେମାନଙ୍କୁ ସମସ୍ତ ପ୍ରକାର ସହାୟତା ବିଦ୍ୟାଳୟ ପକ୍ଷରୁ ପ୍ରଦାନ କରାଯିବ ବୋଲି ନିର୍ଦ୍ଦେଶିକା ଶିକ୍ଷାବିତ୍ ଡକ୍ଟର ମେଘନା ମିଶ୍ର ମତବ୍ୟକ୍ତ କରିଥିଲେ। ସେହିପରି ବିଦ୍ୟାଳୟ ପକ୍ଷରୁ ଲିଟେରାରୀ କ୍ଲବ ଉଦଘାଟିତ ହୋଇଯାଇଛି। ବିଦ୍ୟାଳୟ ସମୂହର ନିର୍ଦ୍ଦେଶିକା ଡକ୍ଟର ମେଘନା ମିଶ୍ରଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମରେ ତିନିଶହ ଜଣ ଛାତ୍ରଛାତ୍ରୀ ଯୋଗ ଦେଇଥିବାବେଳେ ପିଲାମାନଙ୍କର ଅନ୍ତର୍ନିହିତ ସୃଜନଶୀଳ ପ୍ରତିଭାର ଉନ୍ମୋଚନ କରିବା ଏହି କାର୍ଯ୍ୟକ୍ରମର ମୂଳ ତାତ୍ପର୍ଯ୍ୟ ବୋଲି ସେ ମତବ୍ୟକ୍ତ କରିବା ସହ ଏହି କ୍ଲବ ବିପୁଳ ସଫଳତା ପାଇବ ବୋଲି ସେ ଆଶା ପ୍ରକାଶ କରିଥିଲେ।

## ଗୀତାଞ୍ଜଳିର ପନ୍ଦରତମ ସ୍ୱନକ୍ଷତ୍ର ଅନୁଷ୍ଠିତ



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ସ୍ୱସ୍ତି ପ୍ରିମିଅମ୍‌ଠାରେ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ ଗୀତାଞ୍ଜଳିର ପନ୍ଦରତମ ସ୍ୱନକ୍ଷତ୍ର ଅନୁଷ୍ଠିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ବିଶିଷ୍ଟ ସଙ୍ଗୀତଜ୍ଞ ଲକ୍ଷ୍ମୀକାନ୍ତ ପାଲିତ ମୁଖ୍ୟ ଅତିଥି, ସଭାପତି ସୁଭାଷ ଚନ୍ଦ୍ର ମୁଖାର୍ଜୀ, ଉପଦେଷ୍ଟା ଡ. ସଜାଲେନ୍ଦୁ ମାଲକାର, ଉପସଭାପତି ହର୍ଷବର୍ଦ୍ଧନ ଭରଦ୍ୱାଜ ଯୋଗଦେଇ ରବୀନ୍ଦ୍ର ନାଥ ଠାକୁରଙ୍କ ଆଦର୍ଶରେ ଅନୁପ୍ରାଣିତ ହେବାକୁ ଆହ୍ୱାନ ଦେଇଥିଲେ। ସୁଜାତା ରାହାଙ୍କ ଆବାହକତ୍ୱରେ ସଂଗୀତ କାର୍ଯ୍ୟକ୍ରମ ହେବା ସହିତ ମାତୃଭାଷାର ବିକାଶ, ସାମାଜିକ କାର୍ଯ୍ୟକ୍ରମ ପ୍ରମୁଖ ଆଗେଇ ନେବାକୁ କହିଥିଲେ। ସାଧାରଣ ସମ୍ପାଦକ ତପନ କୁମାର ରାହା ବିବରଣୀ ରଖିବା ସହ ସମସ୍ତେ ରାଷ୍ଟ୍ର ପାଇଁ ନିଷ୍ଠା, ସମର୍ପଣ ଭାବ ରଖନ୍ତୁ ବୋଲି ବକ୍ତବ୍ୟ ରଖିଥିଲେ। ଶେଷରେ କଳାକାରମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା।

## ପୂର୍ବତନ ବିଧାୟକ ଗୋପ ନାରାୟଣ ଦାସଙ୍କ ବିୟୋଗରେ ପିସିସି ସଭାପତିଙ୍କ ଶୋକ

ଭୁବନେଶ୍ୱର (ପିଏନ୍)-ବାଲେଶ୍ୱର ସଦର ବିଧାନସଭା ନିର୍ବାଚନ ମଣ୍ଡଳୀର ପୂର୍ବତନ ବିଧାୟକ ଗୋପନାରାୟଣ ଦାସଙ୍କ ବିୟୋଗରେ ପ୍ରଦେଶ କଂଗ୍ରେସ କମିଟି ସଭାପତି ଶ୍ରୀ ଶରତ ପଟ୍ଟନାୟକ ଗଭୀର ଶୋକ ପ୍ରକାଶ କରିଛନ୍ତି। ଏକ ଶୋକବାର୍ତାରେ ଶ୍ରୀ ପଟ୍ଟନାୟକ କହିଛନ୍ତି ଯେ ସ୍ୱର୍ଗତଃ ଦାସ କଂଗ୍ରେସ ଦଳର ଜଣେ ଟାଣୁଆ ସଂଗଠକ ଥିଲେ। କଂଗ୍ରେସ ଦଳରୁ ବିଧାନସଭାକୁ ନିର୍ବାଚିତ ହୋଇ ବାଲେଶ୍ୱରର ଜନସାଧାରଣଙ୍କର ସମସ୍ୟାକୁ ବିଧାନସଭାରେ ଦୃଢ଼ ଉପସ୍ଥାପନ କରିବା ଏବଂ ତାର ପ୍ରତିକାର କରିବାରେ ସେ କେବେ ଅବହେଳା କରିନାହାନ୍ତି। ନିଜ ନିର୍ବାଚନ ମଣ୍ଡଳୀର ସର୍ବାଙ୍ଗୀନ ଉନ୍ନତି ପାଇଁ ସେ ସର୍ବଦା ଚେଷ୍ଟିତ ଥିଲେ। ସେ ଜଣେ ସ୍ନେହୀ, ପରୋପକାରୀ ଓ ବନ୍ଧୁବତ୍ସଳ ବ୍ୟକ୍ତି ଭାବରେ ସମସ୍ତଙ୍କ ନିକଟରେ ଏକ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିପାରିଥିଲେ। ତାଙ୍କ ବିୟୋଗ କଂଗ୍ରେସ ଦଳ ପାଇଁ ଅପୂରଣୀୟ କ୍ଷତି ବୋଲି ଶ୍ରୀ ପଟ୍ଟନାୟକ ପ୍ରକାଶ କରିଛନ୍ତି। ସ୍ୱର୍ଗତଃ ଆତ୍ମାର ସଦଗତି କାମନା କରିବା ସହ ଶ୍ରୀ ପଟ୍ଟନାୟକ ଶୋକସନ୍ତପ୍ତ ପରିବାରବର୍ଗଙ୍କୁ ଗଭୀର ସମବେଦନା ଜଣାଇଛନ୍ତି।


DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Mahaditya Publication

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

Prajnan Communication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




## ଆମେରିକାର ମାସାଚ୍ୟୁଟସ ଠାରେ ନୀଳାଦ୍ରି ବିଜେ ଉତ୍ସବ ଆୟୋଜନ



ବୋଷ୍ଟନ; ତା ୧୧.୦୭ ରିଖ, ଆମେରିକାର ମାସାଚ୍ୟୁଟସଠାରେ ଶ୍ରୀ ଜଗନ୍ନାଥଙ୍କର ତୃତୀୟ ବାର୍ଷିକ ରଥଯାତ୍ରା ଉତ୍ସବ,ବାହୁଡ଼ା ଯାତ୍ରା, ସୁନାବେଶ ଏବଂ ନୀଳାଦ୍ରି ବିଜେ ଆଦି ପର୍ବ ମହାସମାରୋହରେ ପାଳନ କରାଯାଇଛି। ନିଉ ଇଂଲଣ୍ଡ ନିବାସୀ ଓଡ଼ିଆ ସମ୍ପ୍ରଦାୟ ଏବଂ ନିଉ ଇଂଲଣ୍ଡ ଶିରିଡ଼ି ସାଇ ପରିବାରର ମିଳିତ ସହଯୋଗରେ, ଏହି ମହୋତ୍ସବମାନ ଆୟୋଜନ କରାଯାଇଥିଲା। ଏହି ଉପଲକ୍ଷେ ଚତୁର୍ଦ୍ଧାମୂର୍ତ୍ତି ବିରାଜମାନ କରୁଥିବା ଗ୍ରେଟର ବୋଷ୍ଟନର ଗ୍ରୋଟନସ୍ଥିତ ୯୯ନଂ ଶିରିଡ଼ି ୱେ ଠାରେ ଅବସ୍ଥିତ ନିଉ ଇଂଲଣ୍ଡ ଶିରିଡ଼ି ସାଇ ମନ୍ଦିରକୁ ଖୁବ ଭବ୍ୟ ଢଙ୍ଗରେ ସଜ୍ଜା ଯାଇଥିଲା। ରଥଯାତ୍ରା ଦିନ ସକାଳେ ଏଠାରେ ବିଗ୍ରହ ପୂଜା ଏବଂ ରଥ ପାଇଁ ହୋମ ଆଦି ନିତିକାନ୍ତି ବୈଦିକ ବିଧି ଅନୁଯାୟୀ ପୂଜାରୀ ସର୍ବଶ୍ରୀ ଗୁଣ୍ଟୁରୁବାଲା ଭେଙ୍କଟ ପବନ, ରାମ ଚ଼ରାୟିଲୁ ଓ ମନୋହର ଚନ୍ଦ୍ରଶେଖରଙ୍କ ଦ୍ୱାରା ସମ୍ପନ୍ନ କରାଯାଇଥିଲା। ମାସାଚ୍ୟୁଟସର ସ୍ଥାନୀୟ ଅଧିବାସୀଙ୍କ ସମେତ ପାର୍ଶ୍ୱବର୍ତ୍ତୀ ରୋଡସ ଆଇଲ୍ୟାଣ୍ଡ, କନେକ୍ଟିକଟ, ନିଉ ହାମ୍ପସାୟାର ଏବଂ ମେନ ଆଦି ରାଜ୍ୟରୁ ପ୍ରାୟ ୮୦୦ ଓଡ଼ିଆ ଓ ଅଣଓଡ଼ିଆ ଶ୍ରଦ୍ଧାଳୁ ସେମାନଙ୍କର ପରିବାରବର୍ଗ, ବନ୍ଧୁ ଓ ପରିଜନମାନଙ୍କ ସହିତ ଆସି ଏହି ପବିତ୍ର ପର୍ବରେ ଯୋଗ ଦେଇଥିଲେ। ଏଠାରେ ଅପରାହ୍ନରେ ଦିଅଁ ମାନଙ୍କୁ ଧାଡ଼ି ପହଣ୍ଡି କରାଯାଇ ସୁନ୍ଦର, ସୁଶୋଭିତ ଏବଂ ବିଭିନ୍ନ ରଙ୍ଗବେରଙ୍ଗର କପଡ଼ା ତଥା ପିପିଲି ଚ଼ାନ୍ଦୁଆରେ ସୁସଜ୍ଜିତ ୨୦ ଫୁଟ ଉଚ୍ଚ଼ତା ବିଶିଷ୍ଟ ରଥ ଉପରକୁ ନିଆଯାଇଥିଲା। ଉପସ୍ଥିତ ଭକ୍ତମାନେ ପାରମ୍ପରିକ ଛେରା ପହଁରା କାର୍ଯ୍ୟ କରିଥିଲେ। ଏହାପରେ ବହୁ ଆକାଂକ୍ଷିତ ଏବଂ ଦୀର୍ଘ ପ୍ରତିକ୍ଷିତ ରଥଟଣା ପ୍ରକ୍ରିୟା ଆରମ୍ଭ ହୋଇଥିଲା। ସଂଗଠକ ଓ ଦର୍ଶକମାନଙ୍କର ହରିବୋଲ, ହୁଳହୁଳି, ଜୟ ଜଗନ୍ନାଥ ଧ୍ୱନି ଏବଂ ଶଙ୍ଖ, ଘଣ୍ଟ, କରତାଳ, ମର୍ଦ୍ଦଳ, ଝାଞ୍ଜ ଓ ମୃଦଙ୍ଗ ବାଜଣାର ଗହଗହ ନାଦ ତଥା ଭଜନ, କୀର୍ତ୍ତନ ଏବଂ ଓଡ଼ିଶୀ ନୃତ୍ୟର ମୃଦ୍ୟୁମନ୍ଦ ଝଙ୍କାର ମଧ୍ୟରେ ରଥଟିକୁ ମନ୍ଦିର ବେଢ଼ାର ଚ଼ାରିପଟେ ଦୁଇ କିଲୋମିଟର ପର୍ଯ୍ୟନ୍ତ ଟଣାଯାଇ ପୁଣି ସାଇ ମନ୍ଦିର ସାମ୍ନାକୁ ଫେରାଇ ଅଣାଯାଇଥିଲା। ଚ଼ଳିତବର୍ଷର ରଥଯାତ୍ରାକୁ କେନ୍ଦ୍ର କରି ଉପସ୍ଥିତ ଭକ୍ତ ମାନଙ୍କ ମଧ୍ୟରେ ପ୍ରବଳ ଆନନ୍ଦ, ଅପୂର୍ବ ଉଲ୍ଲାସ, ଅଜସ୍ର ଉତ୍ସାହ, ଅସୀମ ଉନ୍ମାଦନା ଓ ଅଫୁରନ୍ତ ଉଦ୍ଦୀପନା ପରିଲକ୍ଷିତ କରାଯାଇଥିଲା। ମାସାଚ୍ୟୁଟସର ରାଜରାସ୍ତାରେ ରାଜକୀୟ ଠାଣିରେ ରଥାରୂଢ଼ ଜଗତର ନାଥ ଜଗନ୍ନାଥଙ୍କର ଯାତ୍ରା ଏବଂ ଭକ୍ତ ଓ ଭଗବାନଙ୍କର ମହା ମିଳନର ଦୃଶ୍ୟ ବେଶ୍ ମର୍ମସ୍ପର୍ଶୀ ଓ ଅବିସ୍ମରଣୀୟ ଥିଲା। ରଥଟି ମନ୍ଦିର ପରିସରକୁ ଫେରିବା ପରେ ଠାକୁର ମାନଙ୍କୁ ରୋଷଣୀ କରି ଗର୍ଭଗୃହ ଭିତରକୁ ନିଆଯାଇ ରତ୍ନସିଂହାସନରେ ଆସୀନ କରାଯାଇଥିଲା। ସନ୍ଧ୍ୟାରେ ଦିଅଁ ମାନଙ୍କୁ ପୁରୀ ମନ୍ଦିର ଶୈଳୀରେ ସୁନାବେଶ କରାଯିବା ପରେ ଆଳତି ଅନୁଷ୍ଠିତ ହୋଇଥିଲା।ଚ଼ଳିତବର୍ଷର ପାର୍ବଣରେ ମୁଖ୍ୟ ଆକର୍ଷଣ ଶ୍ରୀ ମନ୍ଦିରର ଆନନ୍ଦ ବଜାର ଭଳି ଏଠାରେ ପ୍ରସ୍ତୁତ ଛପନ ଭୋଗ ଥିଲା। ଏହି ସ୍ୱାଦିଷ୍ଟ ପ୍ରସାଦକୁ ଶ୍ରୀ ଜୀଉ ମାନଙ୍କୁ ଅର୍ପଣ କରାଯିବା ପରେ ଉପସ୍ଥିତ ଆଗନ୍ତୁକ ମାନଙ୍କ ମଧ୍ୟରେ ବଣ୍ଟନ କରାଯାଇଥିଲା। ରଥଯାତ୍ରା ଅବସରରେ ଆୟୋଜିତ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ମଧ୍ୟରେ ମନଲୋଭା ଓଡ଼ିଶୀ ନୃତ୍ୟ ପ୍ରଦର୍ଶନ ଏବଂ ସୁମଧୁର ଭଜନ ଗାୟନ ସ୍ଥାନ ପାଇଥିଲା। ସମଗ୍ର ସମାରୋହକୁ ବିପୁଳ ଭାବରେ ସଫଳ କରାଇବାରେ ମନ୍ଦିରର ବୋର୍ଡ ସଦସ୍ୟ, ସଂସ୍ଥାପକ ସଦସ୍ୟ, ବର୍ତ୍ତମାନ ଓ ପୂର୍ବତନ ଟ୍ରଷ୍ଟି ବୃନ୍ଦ, ପରିଚ଼ାଳନା ବୋର୍ଡ ସଦସ୍ୟ ଏବଂ ଗ୍ରେଟର ବୋଷ୍ଟନସ୍ଥିତ ସମଗ୍ର ଓଡ଼ିଆ ସମ୍ପ୍ରଦାୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥିଲେ।

## ବିଜେପିର ମିଶ୍ରଣ ପର୍ବ ଯୁବ ପ୍ରତାପୀ ସେନାର ପଚାଶ ଯୋଗ ଦେଲେ

ବଲାଙ୍ଗୀର, (ପି.ଏନ): ବଲାଙ୍ଗୀର ସାର୍କିଟ୍ ହାଉସ୍ ଠାରେ ବଲାଙ୍ଗୀର ସାଂସଦ ଶ୍ରୀମତୀ ସଙ୍ଗିତା କୁମାରୀ ସିଂ ଦେଓଙ୍କ ଉପସ୍ଥିତି ରେ ଭାରତୀୟ ଜନତା ପାର୍ଟିର ଏକ ମିଶ୍ରଣ ପର୍ବ ଗତକାଲି ଅନୁଷ୍ଠିତ ହୋଇଯାଇଛି, ବଲାଙ୍ଗୀରର ବରିଷ୍ଠ ଭାଜ,ପା, ନେତ୍ରୀ ଶ୍ରୀମତୀ ପଙ୍କଜିନୀ ପଣ୍ଡାଙ୍କ ପ୍ରଚେଷ୍ଟାରେ "ଯୁବ ପ୍ରତାପୀ ସେନା"ର ଯୁବ ସଭାପତି ସାରାଂଶ ସାହୁ ତଥା ତାଙ୍କର ନେତୃତ୍ୱାଧୀନ ୫୦ ଜଣ ସଦସ୍ୟ ବିଜେପି ରେ ଯୋଗଦାନ କରିଛନ୍ତି। ନିଜେ ଶ୍ରୀମତୀ ସିଂ ଦେଓ ପ୍ରତ୍ୟେକ ଯୁବକଙ୍କୁ ବିଜେପି ଉତରୀୟ କାନ୍ଧରେ ପକାଇ ସ୍ୱାଗତ କରିଛନ୍ତି, ଶ୍ରୀମତୀ ପଣ୍ଡା ତାଙ୍କର ସ୍ୱାଗତ ଭାଷଣରେ କହିଲେ ଯେ 'ଆଜିର ଯୁବପିଢୀ ଭାରତୀୟ ଜନତା ପାର୍ଟି ତଥା ମୋଦି ଜୀଙ୍କର ନିତି ଓ ଆଦର୍ଶରେ ଅନୁପ୍ରାଣିତ ହୋଇ ବିଜେପି ରେ ସାମିଲ ହେବାକୁ ଆଗ୍ରହ ପ୍ରକାଶ କରିଛନ୍ତି, ସାଂସଦ ଶ୍ରୀମତୀ ସିଂ ଦେଓ ପିଲାମାନଙ୍କୁ ପ୍ରୋତ୍ସାହନ ଦେଇ କହିଲେ ଯେ' ପାର୍ଟିକୁ ଆଗକୁ ନେବାକୁ ହେଲେ ତଥା ମୋଦି ଜୀଙ୍କୁ ଆଉଥରେ ପ୍ରଧାନମନ୍ତ୍ରୀ ଆସନରେ ବସିବାକୁ ହେଲେ ଆମକୁ ନିଷ୍ଠାର ସହିତ ଅ କ୍ଳାନ୍ତ ପରିଶ୍ରମ କରି ସଙ୍ଗଠନ କୁ ମଜବୁତ କରିବାକୁ ପଡ଼ିବ,'ଶ୍ରୀମତୀ ପଙ୍କଜିନୀ ପଣ୍ଡାଙ୍କ ଦ୍ୱାରା ଆୟୋଜିତ ଉକ୍ତ କାର୍ଯ୍ୟକ୍ରମକୁ ସାଫଲ୍ୟ ମଣ୍ଡିତ କରିବା ପାଇଁ ସାଂସଦଙ୍କ ପ୍ରତିନିଧି ଶ୍ରୀଯୁକ୍ତ ଦିନେଶ ଶର୍ମା। ତଥା ଯୁବମୋର୍ଚ୍ଚା ର ଧର୍ମେନ୍ଦ୍ର ଅଗ୍ରୱାଲ ସହଯୋଗ କରିଥିଲେ, ଅନ୍ୟମାନଙ୍କ ମଧ୍ୟରେ ଲଳିତ ଶର୍ମା, ସୌଦାମିନୀ ମିଶ୍ର,ସସ୍ମିତା ବେହେରା, ଗାୟତ୍ରୀ ଦାସ,ଧନମତୀ ସାହୁ ପ୍ରମୁଖ ଅନେକ କାର୍ଯ୍ୟକର୍ତା। ଉପସ୍ଥିତ ଥିଲେ।

## ପୂର୍ଣ୍ଣାନନ୍ଦ ସ୍ମୃତିପାଠାଗାର ପକ୍ଷରୁ ସ୍ୱର୍ଗତ ପାଣ୍ଡବ ଚରଣ ସାହୁଙ୍କୁ ଶ୍ରଦ୍ଧାଞ୍ଜଳି



ଯାଜପୁର,(ପି.ଏନ): ବିରଜା ହାଇସ୍କୁଲ ପରିସରସ୍ଥ ପୂର୍ଣ୍ଣାନନ୍ଦ ମିଶ୍ର ସ୍ମୃତିପାଠାଗାରରେ ଶୁକ୍ରବାର ଦିବା ୯ ଘଟିକାରେ ଦିବଙ୍ଗତ ସଦସ୍ୟ ପାଣ୍ଡବ ଚରଣ ସାହୁଙ୍କ ସ୍ମୃତି ଶ୍ରଦ୍ଧାଞ୍ଜଳି ନିମନ୍ତେ ଏକ ଶୋକସଭା ପାଠାଗାରର ସଭାପତି କହ୍ନାଇ ଚରଣ ମହାନ୍ତିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ପାଠାଗାରର ସମ୍ପାଦକ ନୃସିଂହ ଚରଣ ମହାପାତ୍ର ପାଣ୍ଡବ ବାବୁଙ୍କ ମୃତ୍ୟୁ ସମ୍ପର୍କରେ ସୂଚନା ପ୍ରଦାନ କରିଥିଲେ ଓ ସଭ୍ୟମାନଙ୍କୁ ସ୍ୱର୍ଗତ ପାଣ୍ଡବ ଚରଣ ସାହୁଙ୍କ ନିମନ୍ତେ ଦୁଇ ମିନିଟ୍ ନୀରବ ପ୍ରାର୍ଥନା କରିବାକୁ କହିଥିଲେ। ଉପସ୍ଥିତ ସମସ୍ତ ସଭ୍ୟ ନିଜ ନିଜ ବକ୍ତବ୍ୟରେ ପାଣ୍ଡବ ବାବୁ ଜଣେ ନିଷ୍ଠାପର, ସଚ୍ଚୋଟ, ଅନୁଷ୍ଠାନପ୍ରେମୀ, ସଂସ୍କୃତି ପ୍ରେମୀ, ଧର୍ମପରାୟଣ ଓ ଆଧ୍ୟାତ୍ମିକବାଦୀ ବ୍ୟକ୍ତି ଥିଲେ। ସେ ପାଠାଗାରର ଯୁଗ୍ମ ସମ୍ପାଦକ ଭାବେ ପାଠାଗାରର ଉନ୍ନତିକଳ୍ପେ କାର୍ଯ୍ୟ କରିଆସୁଥିଲେ। ତାଙ୍କର ଅନୁପସ୍ଥିତି ଏକା ବିରାଟ ଶୂନ୍ୟତା ସୃଷ୍ଟି କରିଛି। ତାଙ୍କର ଅକାଳ ବିୟୋଗ ସମସ୍ତଙ୍କୁ ବ୍ୟଥିତ ଓ ମର୍ମାହତ କରିଛି। ମା'ବିରଜା ତାଙ୍କର ଅମରଆତ୍ମର ସଦ୍‌ଗତି କରିବା ସହିତ ତାଙ୍କ ପରିବାର ବର୍ଗଙ୍କୁ ଧୈର୍ଯ୍ୟ ସାହସ ଦିଅନ୍ତୁ ବୋଲି ପ୍ରାର୍ଥନା କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ବରିଷ୍ଠ ସଦସ୍ୟ ବନବିହାରୀ ମହାପାତ୍ର, ବିଷ୍ଣୁ ଚରଣ ବିହାରୀ, ପୁଷ୍ପକାନ୍ତ ମଲ୍ଲିକ, ଶରତ ଚନ୍ଦ୍ର ମହାରଣା, ଶରତ ଚନ୍ଦ୍ର ସାମଲ, ଗଦାଧର ରାଉତ, ରବିନ୍ଦ୍ର କୁମାର ମହାନ୍ତି, ଜଗନ୍ନାଥ ଧଳ, ରଜତ କୁମାର ମହାନ୍ତି, ତ୍ରିଲୋଚନ ମିଶ୍ର, ରବି ଶତପଥୀ, ନରେନ୍ଦ୍ର କୁମାର ଦାସ, ସଂଜୟ କୁମାର ସାହୁ, ରାମ କୃଷ୍ଣ ବେହୁରିଆ ଓ ଯୁଗ୍ମ ସମ୍ପାଦକ କ୍ଷୀରୋଦ ଚନ୍ଦ୍ର ପାଠୀ ଉପସ୍ଥିତ ଥିଲେ।

## ଶିବଶମ୍ଭୁ କ୍ରିକେଟ ଟୁର୍ଣ୍ଣାମେଣ୍ଟର ଉଦଯାପନ ଦିବସ



ଢେଙ୍କାନାଳ,(ପି.ଏନ): ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ବ୍ଲକ ନୂଆଗାଁ ଗ୍ରାମ ପଞ୍ଚାୟତ ର ଆଜି ଉଦଯାପନୀ ଦିବସ ହୋଇଯାଇଛି !ପନ୍ଦର ଓଭର ଖେଳ ହୋଇଥିଲା !ପ୍ରଥମେ ଏ. କ. ଫର୍ଟି ସେଭେନ ଟସ ଜିତି ଲିମିଟ ଲେସ କୁ ବ୍ୟାଟିଂ ପାଇଁ ଆମନ୍ତ୍ରଣ କରିଥିଲେ !ଲିମିଟ ଲେସ ପ୍ରଥମ ପନ୍ଦର ଓଭର ରେ ୧୬୬ରନ ୬ଉଇକେଟ କରିଥିବା ବେଳେ ଏ. କ. ଫର୍ଟି ସେଭେନ ୮୮ରନ ରେ ଅଲ ଆଉଟ ହୋଇଥିଲେ !ଏଥିରେ ଲିମିଟ ଲେସ ବିଜୟୀ ଲାଭ କରିଥିଲା ! ଏହି ଉଦଯାପନ ଦିବସ ରେ ମୁଖ୍ୟ ଅତିଥି ଧର୍ମାନନ୍ଦ ସେନାପତି ହୋଇଥିବା ବେଳେ ଅନ୍ୟ ଅତିଥି ମାନେ ହେଲେ - ତରୁଣ ସାହୁ, ସୁଶାନ୍ତ ଦେହୁରୀ, ନିର ନାଏକ, ମଧୁ, ତପନ, ଲିଟୁ, କୁନୁ, ସଞ୍ଜୟ, ସୁଜି, ଗୁଲେଇ, ରଞ୍ଜନ, ହେମନ୍ତ, ପିଣ୍ଟୁ, ମାମୁଲି, ଦିପୁ ଉପସ୍ଥିତ ଥିଲେ !ହିନ୍ଦୋଳ ରୁ ନିମାଇଁ ଚ଼ରଣ ସାମଲ !

## ଛାତ୍ର ବିଜୁ ଜନତା ଦଳ ୨୩ ବର୍ଷରେ ଓଡ଼ିଶାର ଛାତ୍ର ସମାଜ ପାଇଁ ମୁହଁ ଖୋଲି ନାହିଁ

### *ନବୀନ ସରକାର ଛାତ୍ରମାନଙ୍କର ଗଣତାନ୍ତ୍ରିକ ଅଧିକାର କ୍ଷୁର୍ଣ୍ଣ କରୁଛନ୍ତି : ୟାସିର*

ଭୁବନେଶ୍ୱର,(ପି.ଏନ): ଆଜି ପ୍ରଦେଶ ଛାତ୍ର କଂଗ୍ରେସ ସଭାପତି ଶ୍ରୀ ୟାସିର ନୱାଜ ପ୍ରଦେଶ କଂଗ୍ରେସ କାର୍ଯ୍ୟାଳୟରେ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି ଯେ ୨୩ ବର୍ଷର ନବୀନ ସରକାର ସଂପୂର୍ଣ୍ଣ ଭାବରେ ଛାତ୍ର ସ୍ୱାର୍ଥ ବିରୋଧି ବୋଲି ପ୍ରମାଣିତ। ଓଡ଼ିଶାର ଛାତ୍ରଛାତ୍ରୀମାନଙ୍କୁ କେବଳ ବିଜୁ ଜନତା ଦଳ ସରକାର ଭୁଆଁ ବୁଲାଉଛନ୍ତି ଏବଂ ବିଜୁ ଛାତ୍ର ଜନତା ଦଳ ଆଜି ପର୍ଯ୍ୟନ୍ତ ଓଡ଼ିଶାର ଛାତ୍ରମାନଙ୍କର ସ୍ୱାର୍ଥ ପାଇଁ ମୁହଁ ଖୋଲି ନାହାନ୍ତି। କେବଳ ବିଜୁ ଜନତା ଦଳ ସରକାରର ଏକ ଗୋଡ଼ାଣିଆ ଅନୁଷ୍ଠାନ ଭାବେ ପରିଚିତି ସୃଷ୍ଟି କରିଛି। ଜଣେ ଛାତ୍ର ପାଠପଢ଼ାର ସମାପ୍ତି ପରେ ନିଯୁକ୍ତି ଖୋଜେ। ମାତ୍ର ବର୍ଷକୁ ୨ ଲକ୍ଷ ନିଯୁକ୍ତି ପ୍ରତିଶୃତି ଦେଇଥିବା ନବୀନ ସରକାର ଏପର୍ଯ୍ୟନ୍ତ ତାଙ୍କର ପ୍ରତିଶୃତି ପୂରଣରରେ ସମର୍ଥ ହୋଇନାହାନ୍ତି। ଏଭଳି ପରିସ୍ଥିତିରେ ଛାତ୍ର ବିଜେଡ଼ି ନବୀନ ସରକାରର ଗୁଣ କୀର୍ତନ କରୁଛି।ବିରୋଧି ଦଳ ମାନଙ୍କର କଣ୍ଠରୋଧ କରିବାପାଇଁ ନବୀନ ସରକାର ୫ବର୍ଷ ହେଲା ବିଶ୍ୱବିଦ୍ୟାଳୟ ଏବଂ ମହାବିଦ୍ୟାଳୟ ମାନଙ୍କରେ ଛାତ୍ର ସଂସଦ ନିର୍ବାଚନକୁ ସଂପୂର୍ଣ୍ଣ ଭାବରେ ବନ୍ଦ କରିଦେଇଛି। ନିର୍ବାଚନ କରିବାପାଇଁ ଛାତ୍ର ବିଜେଡ଼ି ଏପର୍ଯ୍ୟନ୍ତ ନିଜ ସରକାର ପାଖରେ ଦାବି କଲେଣିକି ? ଗୋଟିଏ ପଟେ ନିର୍ବାଚନ ବନ୍ଦ କରିଦେଉଥିବା ବେଳେ ଅନ୍ୟପଟେ ବିଜେଡ଼ି ପକ୍ଷରୁ କ୍ୟାମ୍ପସ କମିଟି ଗଠନ କରିବା ଦୁର୍ଭାଗ୍ୟଜନକ। ବିଜୁ ଛାତ୍ର ଜନତା ଦଳ ପକ୍ଷରୁ କୁହାଯାଇଥିଲା କ୍ୟାମ୍ପସ କମିଟିର ଉଦ୍ଦେଶ୍ୟ ହେଉଛି କଲେଜରେ ଶୃଙ୍ଖଳା ରଖିବା, ଦୁର୍ନୀତିକୁ ବିରୋଧ କରିବା, ଅଣଛାତ୍ର ପ୍ରବେଶ ରୋକିବା, ନିଶାମୁକ୍ତ କ୍ୟାମ୍ପସ ଗଠନ କରିବା ଏବଂ ଛାତ୍ରମାନଙ୍କର ସ୍ୱାର୍ଥସାଧନ ପାଇଁ କାମ କରିବା। କିନ୍ତୁ ବିଜୁ ଛାତ୍ର ଜନତା ଦଳର କ୍ୟାମ୍ପସ କମିଟି ବାସ୍ତବ କ୍ଷେତ୍ରରେ ଯେଉଁ କାର୍ଯ୍ୟ କରୁଛି ତାହାକୁ ଓଡ଼ିଶାବାସୀ ଦେଖୁଛନ୍ତି। ଆଜି ବିଜୁ ଛାତ୍ର ଜନତା ଦଳର କ୍ୟାମ୍ପସ କମିଟିର ଦୌରାତ୍ମ୍ୟରେ କଲେଜର ଏବଂ ୟୁନିର୍ଭସିଟିର ଛାତ୍ରୀମାନେ ଅସୁରକ୍ଷିତ। ବିଜୁ ଛାତ୍ର ଜନତା ଦଳ କ୍ୟାମ୍ପସ କମିଟିର ସଭ୍ୟମାନେ କ୍ୟାମ୍ପସରେ ଆତଙ୍କରାଜ ଚଳାଇଛନ୍ତି। ସରକାର ଏହାକୁ ଦମନ କରୁ ନାହାନ୍ତି ଏବଂ ବିଜୁ ଛାତ୍ର ଜନତା ଦଳର ରାଜ୍ୟ ନେତୃତ୍ୱ ଏହାକୁ ଦେଖି ଚୁପ ବସିଛନ୍ତି। ଭୁବନେଶ୍ୱର ବିଜେବି କଲେଜର ଛାତ୍ରୀ ରୁଚିକା ମହାନ୍ତି କାହା ଚାପରେ ଆତ୍ମହତ୍ୟା କଲା ସେହି ଘଟଣାର ଅସଲ ରହସ୍ୟକୁ ଚାପି ଦିଆଯାଇଛି। ରୁଚିକା ମହାନ୍ତିର ମା'କୁ ବିଜେବି କଲେଜ ଫାଟକ ପାଖରୁ ପୋଲିସ ଘୋଷାଡ଼ି ଘୋଷାଡ଼ି ଆଣିଲାବେଳେ ବିଜୁ ଛାତ୍ର ବିଜେଡ଼ି ଥିଲା କେଉଠି ? ରୁଚିକା ମହାନ୍ତିକୁ ଆତ୍ମହତ୍ୟା କରିବାପାଇଁ ପରିସ୍ଥିତି ସୃଷ୍ଟିକରିଥିବା ଅପରାଧି ଛାତ୍ରୀମାନଙ୍କୁ ବିଜେଡ଼ି ସରକାର / ବିଜୁ ଛାତ୍ର ଜନତା ଦଳ କାହିଁକି ଘଂଟ ଘୋଡ଼ାଇଛି। ଖଲିଖୋଟ କଲେଜ ଏବଂ ବିନାୟକ ଆଚାର୍ଯ୍ୟ କଲେଜରେ ଛାତ୍ର ବିଜେଡ଼ି କ୍ୟାମ୍ପସ କମିଟିର କର୍ମକର୍ତମାନେ କିଭଳି ଛାତ୍ରୀମାନଙ୍କୁ ଅସଦାଚରଣ କରିଛନ୍ତି ତାହା ଏ ରାଜ୍ୟ ଦେଖିଛି। ଖଲିକୋଟ କଲେଜରେ କ୍ୟାମ୍ପସ କମିଟିର କନ୍‌ଭେନର କିଭଳି ଭାବରେ ଜଣେ ଛାତ୍ରୀକୁ ନିର୍ଯ୍ୟାତନ ଦେଲା। ତାହା କ'ଣ ଏ ଛାତ୍ର ସମାଜ ଭୁଲିଯିବେକି ? ବଲାଙ୍ଗୀରର ରାଜେନ୍ଦ୍ର ବିଶ୍ୱବିଦ୍ୟାଳୟର ଛାତ୍ରୀ ଟଂଟିକଟା ଘଟଣାରେ ଛାତ୍ର ବିଜେଡ଼ି ମୁହଁ ଖୋଲିଲାଣିକି ? ଭଦ୍ରକ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଜାଲ ସାର୍ଟିଫିକେଟରେ ଆଡମିଶନ ଚାଲିଛି।


MAHARISHI PUBLIC SCHOOL



**2023-2024**

# ADMISSION OPEN

## Maharishi Public School, Baripada

## STD-NURSERY TO VIII

ENROLL YOUR CHILD TODAY

**Special discount for new admission before 15.03.2023**

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ
ସାଧାରଣ ଲୋକଙ୍କ ଖବରକାଗଜ
# ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ
Bhubaneswar Saturday July 15, 2023 ଭୁବନେଶ୍ୱର ଶନିବାର, ଜୁଲାଇ ୧୫,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


## ଇଂଲଣ୍ଡ ରାଷ୍ଟ୍ରୀୟ ଜ୍ୟୋତିର୍ବିଜ୍ଞାନ ବୈଠକରେ କିଟ୍ ଛାତ୍ର ସ୍ନେହାଦୀପ
## ସର୍ବ କନିଷ୍ଠ ପ୍ରତିନିଧି ପଠାଇବାରେ କିଟ୍ ବିଶ୍ୱର ପ୍ରଥମ ଅନୁଷ୍ଠାନ

ଭୁବନେଶ୍ୱର, (ପି.ଏନ): ଇଂଲଣ୍ଡର ରାଷ୍ଟ୍ରୀୟ ଜ୍ୟୋତିର୍ବିଜ୍ଞାନ ବୈଠକରେ ଜଣେ କିଶୋରଙ୍କ ଉପରେ ସମସ୍ତଙ୍କ ଦୃଷ୍ଟି ରହିଥାଏ। କାରଣ ଏହି ବୈଠକରେ ଅନ୍ୟମାନେ ପ୍ରାୟ ପ୍ରବୀଣ ଓ ବୟସ୍କ ଥିଲେ। ଛାତ୍ର ଜଣକ ନିଜ ପରିଚୟ ଦେଇ କହିଥିଲେ, "ମୁଁ କିଟ୍ ବିଶ୍ୱବିଦ୍ୟାଳୟର ଛାତ୍ର ସ୍ନେହାଦୀପ"। ଏତିକିରେ ସମଗ୍ର ବୈଠକ କରତାଳିରେ ଭରି ଯାଇଥିଲା। ଇଂଲଣ୍ଡର ୱାଲେସ୍‌ସ୍ଥିତ କାର୍ଡିଫ ବିଶ୍ୱବିଦ୍ୟାଳୟ ଠାରେ ଚାଲିଥିବା ଏହି ବୈଠକରେ ଉପସ୍ଥିତ ଥିବା ରୟାଲ ଆଷ୍ଟ୍ରୋନମିକାଲ ସୋସାଇଟିର ସଭାପତି ଡ. ମାଇକ୍ ଏଡ୍‌ମଣ୍ଡସ ଓ ଅନ୍ୟ ବୈଜ୍ଞାନିକଙ୍କୁ ମଧ୍ୟ ଏହା ଚକିତ କରିଥିଲା। ଏହି ବୈଠକରେ ଜଣେ କିଶୋର ବୈଜ୍ଞାନିକ ଯୋଗଦେବାରେ ସ୍ନେହାଦୀପ ହେଉଛନ୍ତି ପ୍ରଥମ। ଜୁଲାଇ ୩ରୁ ୭ତାରିଖ ପର୍ଯ୍ୟନ୍ତ ଇଂଲଣ୍ଡର ସମ୍ମାନଜନକ ଜ୍ୟୋତିର୍ବିଜ୍ଞାନ ବୈଠକରେ ଭାରତରୁ ଏକ ମାତ୍ର କିଶୋର ବୈଜ୍ଞାନିକ ଭାବେ କିଟ୍ ଛାତ୍ର ସ୍ନେହାଦୀପ ଯୋଗଦେଇ ଭାରତର ସମ୍ମାନ ବୃଦ୍ଧି କରିଛନ୍ତି। କେବଳ ସେତିକି ନୁହେଁ, ଜଣେ କିଶୋର ପ୍ରତିନିଧିଙ୍କୁ ଇଂଲଣ୍ଡ ରାଷ୍ଟ୍ରୀୟ ଜ୍ୟୋତିର୍ବିଜ୍ଞାନ ବୈଠକକୁ ପଠାଇବାରେ କିଟ୍ ବିଶ୍ୱର ଏକମାତ୍ର ଅନୁଷ୍ଠାନ



ହେବାର ଗୌରବ ଅର୍ଜନ କରିଥିବା ରୟାଲ ଆଷ୍ଟ୍ରୋନମିକାଲ ସୋସାଇଟିର ସଦସ୍ୟମାନେ ପ୍ରକାଶ କରିଥିଲେ। କିଟ୍ ବିଶ୍ୱବିଦ୍ୟାଳୟର ପ୍ରତିନିଧିତ୍ୱ କରି ସ୍ନେହାଦୀପ ବୈଠକରେ 'ସାହାଙ୍କ ଥିଓରୀ ଅଫ୍ ଥର୍ମାଲ୍ ଆୟୋନାଇଜେସନ୍ ଇନ୍ ଷ୍ଟାର୍ ଫର୍ମେସନ୍' ଉପରେ ଏକ ପୋଷ୍ଟର ଉପସ୍ଥାପନା କରିଥିଲେ। ଏହି ବୈଠକରେ ସମଗ୍ର ବିଶ୍ୱରୁ ୧୭୬ଟି ଗବେଷଣାତ୍ମକ ପୋଷ୍ଟର ମନୋନୀତ ହୋଇଥିବା ବେଳେ ବୈଠକରେ ପୋଷ୍ଟର ଉପସ୍ଥାପନ କରିବାରେ କିଟ୍ ହେଉଛି ଏକମାତ୍ର ଭାରତୀୟ ବିଶ୍ୱବିଦ୍ୟାଳୟ। ସୂଚନାଯୋଗ୍ୟ, ଏଭଳି ସୁଯୋଗ ସାଧାରଣତଃ ପୋଷ୍ଟ ଡକ୍ଟୋରେଟ୍ ଗବେଷକ ଏବଂ ସାଇଣ୍ଟିଫିକ୍ ପ୍ରଫେସନାଲ୍‌ମାନଙ୍କୁ ମିଳିଥାଏ। ଇଂଲଣ୍ଡର ରାଷ୍ଟ୍ରୀୟ ଜ୍ୟୋତିର୍ବିଜ୍ଞାନ ବୈଠକ ହେଉଛି ରୟାଲ ଆଷ୍ଟ୍ରୋନମିକାଲ ସୋସାଇଟିର ବାର୍ଷିକ ବୈଜ୍ଞାନିକ ସମ୍ମିଳନୀ। ଏହା ବିଶ୍ୱର ସର୍ବବୃହତ ଜ୍ୟୋତିର୍ବିଜ୍ଞାନ ସମ୍ମିଳନୀ ମଧ୍ୟରୁ ଅନ୍ୟତମ। ଏଥିରେ ପ୍ରତିବର୍ଷ ସମଗ୍ର ବିଶ୍ୱରୁ ୬ଶହରୁ ଉର୍ଦ୍ଧ୍ୱ ପ୍ରତିନିଧି ଯୋଗ ଦେଇଥାନ୍ତି। ବୈଠକରେ ସ୍ନେହାଦୀପ ଡ. ଏଡମଣ୍ଡସଙ୍କ ବ୍ୟତୀତ ନୋବେଲ ବିଜେତା ଡ. ଜେମ୍‌ସ ପିବଲ୍‌ସ ଓ ଡ. ଜନ ପିକକ୍‌ଙ୍କ ଭଳି ବିଶ୍ୱର ଅନେକ ପ୍ରତିଷ୍ଠିତ ଜ୍ୟୋତିର୍ବିଜ୍ଞାନୀଙ୍କ ସହ ଆଲୋଚନା କରିବାର ସୁଯୋଗ ପାଇଥିଲେ। ଏଭଳି ସୁଯୋଗ ଦେଇଥିବାରୁ ସ୍ନେହାଦୀପ କିଟ୍ ବିଶ୍ୱବିଦ୍ୟାଳୟ ଓ ଏହାର ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ନିକଟରେ କୃତଜ୍ଞତା ଜଣାଇଛନ୍ତି। ସେ କହିଛନ୍ତି, କିଟ୍ ବିଶ୍ୱବିଦ୍ୟାଳୟର ସହଯୋଗ ଓ ଶ୍ରୀ ସାମନ୍ତଙ୍କ ପ୍ରୋତ୍ସାହନ ନ ଥିଲେ ମୋର ଏହି ସ୍ୱପ୍ନ ସାକାର ହୋଇପାରି ନ ଥାନ୍ତା। ଅପରପକ୍ଷରେ ଶ୍ରୀ ସାମନ୍ତ ସ୍ନେହାଦୀପଙ୍କୁ ଶୁଭେଚ୍ଛା ଜଣାଇବା ସହ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଛନ୍ତି। ଏହା ପୂର୍ବରୁ ସ୍ନେହାଦୀପ ଆଜରବାଇଜାନର ବାକୁରେ ଅନୁଷ୍ଠିତ ଅନ୍ତର୍ଜାତୀୟ ଜ୍ୟୋତିର୍ବିଜ୍ଞାନ କଂଗ୍ରେସ ୨୦୨୩ ଭଳି ଅନେକ ଅନ୍ତର୍ଜାତୀୟ ଜ୍ୟୋତିର୍ବିଜ୍ଞାନ ସମ୍ମିଳନୀରେ ଅଂଶଗ୍ରହଣ କରିଛନ୍ତି।

## ରାସ୍ତା କଡ ଅଳିଆ ଗଦାରୁ ଅଚିହ୍ନା ମହିଳାଙ୍କ ମୃତଦେହ ଉଦ୍ଧାର

ଖୋର୍ଦ୍ଧା,(ପି.ଏନ): ରାସ୍ତା କଡ ଅଳିଆ ଗଦାରେ ଜଣେ ଅଚିହ୍ନା ମହିଳାଙ୍କ ମୃତଦେହ ପଡିଥିବାର ଦେଖିବାକୁ ମିଳିଛି। ତେବେ ମୃତ ମହିଳାଙ୍କ ବେକରେ ଗଭୀର କ୍ଷତ ଚିହ୍ନ ଥିବାର ଜଣାପଡିଛି। ଏଭଳି ଘଟଣା ଦେଖିବାକୁ ମିଳିଛି ଖୋର୍ଦ୍ଧା ଜିଲ୍ଲା ବାଣପୁର ଥାନା ଅଂଚଳର ଗାଲୁଆ ଛକ ନିକଟରେ। ସୂଚନା ମୁତାବକ, ଗୁରୁବାର ସକାଳୁ ବାଣପୁର ଗାଲୁଆ ଛକ ନିକଟରେ ଜଣେ ଅଜଣା ମହିଳାଙ୍କ ଶବ ପଡ଼ି ରହିଛି।

## ଆଇରନ ଟ୍ରକ ଓଭରଟେକିଙ୍ଗ୍ ଯୋଗୁଁ ପାରାଦୀପ ବନ୍ଦର ପ୍ରବେଶ ପଥରେ ଟ୍ରାଫିକ୍ ଜାମ

ପାରାଦୀପ,(ପି.ଏନ): ବାରମ୍ବାର ପ୍ରତିବାଦ ଓ ବିଭିନ୍ନ ଗଣମାଧ୍ୟମରେ ଅଠରବାଙ୍କୀ ନିକଟସ୍ଥ ପାରାଦୀପ ବନ୍ଦର ପ୍ରବେଶ ପଥ ଠାରୁ ଦୋଛକି ପର୍ଯ୍ୟନ୍ତ ଆଇରନ ବୋଝେଇ ଗାଡିର ବେଆଇନ ପାର୍କିଂ ଓ ଓଭରଟେକିଙ୍ଗ୍ ଯୋଗୁଁ ଟ୍ରାଫିକ୍ ସମସ୍ୟା ସମ୍ପର୍କିତ ଖବର ପ୍ରସାରିତ ହେବା ପରେ ପ୍ରଶାସନ ପକ୍ଷରୁ କଠୋର ପଦକ୍ଷେପ ଗ୍ରହଣ କରାଯାଇଥିଲା। ଯାହା ଫଳରେ କିଛି ଦିନ ଏହି ଟ୍ରାଫିକ ସମସ୍ୟା ଜନିତ ଯନ୍ତ୍ରଣା କମ ରହିଥିଲା। ତେବେ ଏବେ ପୁଣି ସେହିଭଳି ସମସ୍ୟା ସୃଷ୍ଟି ହେଲାଣି। ଶୁକ୍ରବାର ଦିନ ଅପରାହ୍ନରେ ପାରାଦୀପଗଡ ଠାରୁ ଅଠରବାଙ୍କୀ ପ୍ରବେଶ ପଥ ପର୍ଯ୍ୟନ୍ତ ଆଇରନ ବୋଝେଇ ଗାଡି ସବୁ ମନମାନି କରି ଧାଡି ଭାଙ୍ଗି ରାସ୍ତା ଜାମ କରିବା ଯୋଗୁଁ ଯାତ୍ରୀମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖିନ ହୋଇଥିଲେ। ଦଶ ମିନିଟ୍‌ର ରାସ୍ତାକୁ ଅତିକ୍ରମ କରିବା ପାଇଁ ଲୋକମାନଙ୍କୁ ଘଣ୍ଟା ଘଣ୍ଟା ସମୟ ଲାଗିଥିବାର ଦେଖିବାକୁ ମିଳିଥିଲା। ତେବେ ଏହି ଟ୍ରାଫିକ ସମସ୍ୟା କେବେ ଦୁର ହେବ ତାହା ଏବେ ସାଧାରଣରେ ଚିଂାର ବିଷୟ ପାଲଟିଥିବା ବେଳେ କିଛି ସ୍ୱେଚ୍ଛାସେବୀ ସଂଗଠନ ଏହା ବିରୁଦ୍ଧରେ ଆନ୍ଦୋଳନ କରିବା ପାଇଁ ପ୍ରସ୍ତୁତ ହେଉଥିବା ଜଣାପଡିଛି।

## ମରୁଡ଼ି ପ୍ରତିକାର ପାଇଁ ସରକାର ତୁଚ୍ଛା ଅରଣ୍ୟ ରୋଦନ ନ କରି କଂଟିଜେଂଟ ପ୍ଲାନ ପରିବର୍ତ୍ତେ ଆକ୍ସନ ପ୍ଲାନ ମୁଡକୁ ଆସନ୍ତୁ: କଂଗ୍ରେସ

ଭୁବନେଶ୍ୱର,(ପି.ଏନ): ମୌସୁମୀ ଆସିବାରେ ବିଳମ୍ବ ଓ ସ୍ୱଳ୍ପ ବୃଷ୍ଟି ଯୋଗୁଁ ରାଜ୍ୟର ୧୮ଟି ଜିଲ୍ଲାରେ ବିଭିନ୍ନ ଅଞ୍ଚଳରେ ମରୁଡ଼ିର ପଦଧ୍ୱନୀ। ୧୨ଟି ଜିଲ୍ଲାର ସ୍ଥିତି ଅତି ଉଦ୍‌ବେଗ ଜନକ। ଲକ୍ଷାଧିକ ହେକ୍ଟର ଚାଷଜମି ପଡ଼ିଆ ପଡ଼ିଛି। ଶ୍ରାବଣମାସ ଅଧା ହେଲାଣି ଅନେକ ଅଞ୍ଚଳରେ ଗଜା ମରୁଡ଼ି ହେବା ସହ ରୁଆ ବେଉଷଣ ହୋଇ ପାରିନାହିଁ। ଚାଷ ସ୍ଥିତି ଅତି ସାଂଘାତିକ। ଚାଷୀ ଶଙ୍କାକୁଳ ଅବସ୍ଥାରେ। ସରକାର ଏଥିପ୍ରତି ଯେତିକି ପ୍ରାକ୍ ପ୍ରସ୍ତୁତ ରହିବା କଥା ସେତିକି ରହି ନାହାନ୍ତି। କେବଳ ଚାଷୀଙ୍କ ପାଇଁ ତୁଚ୍ଛା ଅରଣ୍ୟ ରୋଦନ କରୁଛନ୍ତି। ଏବେ ସୁଦ୍ଧା ସରକାର ଚାଷୀଙ୍କୁ ସଅଳ କିସମ ଧାନ ଓ ଅଣଧାନ ବିହନ ନିର୍ଦ୍ଧାରିତ ସମୟରେ ଯୋଗାଇ ଦେଇ ପାରି ନାହାନ୍ତି। ଅଂଚଳଓ୍ୱାରୀ ମରୁଡ଼ି ପରିସ୍ଥିତି ସମୀକ୍ଷା କରାଯାଉନାହିଁ। ମରୁଡ଼ି ସାଙ୍ଗକୁ କୃଷି କର୍ମଚାରୀଙ୍କ ମରୁଡ଼ି ଚାଷୀକୁଳକୁ ବ୍ୟଥିତ କରିଛି। କୃଷି କ୍ଷେତ୍ର ଅଧିକାରୀମାନଙ୍କୁ କ୍ଷେତରେ ଦେଖିବାକୁ ମିଳୁନାହିଁ। ଖରିଫ୍ ଚାଷ ପାଇଁ କେନାଲରେ ପାଣି ଛଡ଼ା ଯାଉନାହିଁ। ବାହାଘର ବେଳେ ବାଇଗଣ ରୁଆଁ ପରି ବର୍ତ୍ତମାନ କେନାଲ ସଫେଇ କାର୍ଯ୍ୟ ମନ୍ଥର ଗତିରେ ଚାଲିଛି। ଚାଷୀ ଉଠା ଜଳସେଚନ ପମ୍ପ ପାଇଁ ଟଙ୍କା ବାନ୍ଧି ଦୀର୍ଘ ଦିନଧରି ଅପେକ୍ଷା କରିଥିଲେ ମଧ୍ୟ ସେଠାରେ ବିଦ୍ୟୁତ ସଂଯୋଗ କରାଯାଇନାହିଁ। ଫଳରେ ଉଠା ଜଳସେଚନ ପମ୍ପ ଅଚଳ। ୫-ଟି ସଚିବ ବିକାଶ ନାଆଁରେ ଜିଲ୍ଲା ଭ୍ରମଣ କରୁଥିବା ବେଳେ ଚାଷୀକୁଳର ଏବେ ସବୁଠାରୁ ବିନାଶ ଘଟୁଛି। ବିଭାଗୀୟ ପଦସ୍ଥ ଅଧିକାରୀ କେବଳ ଭୁବନେଶ୍ୱରରେ ଶୀତତାପ ନିୟନ୍ତ୍ରଣ କୋଠରୀରେ ବସି ସରକାରଙ୍କ ପାଇଁ କେବଳ ପ୍ରଚାରକାର୍ଯ୍ୟ ଚଳାଇଛନ୍ତି ବୋଲି ଓଡ଼ିଶା ପ୍ରଦେଶ କିଷାନ କଂଗ୍ରେସ ଅଧ୍ୟକ୍ଷ ଅମିୟ କୁମାର ପଟ୍ଟନାୟକ କହିଛନ୍ତି। ସରକାର ବର୍ତ୍ତମାନ କଂଟିଜେଂଟ୍ସ ପ୍ଲାନ ପରିବର୍ତ୍ତେ ଆକ୍ସନ ପ୍ଲାନ ମୁଡକୁ ଆସନ୍ତୁ। ସରକାରଙ୍କ ପାଖରେ କେତେ ପରିମାଣର ସଅଳ କିସମ ବିହନ କେଉଁ ସ୍ଥାନରେ ଅଛି ଏବଂ କେଉଁ ସମୟ ମଧ୍ୟରେ ଚାଷୀଙ୍କ ହାତ ପାହାନ୍ତାରେ ପଂହଚି ପାରିବ ଓ ମରୁଡ଼ି ପରିସ୍ଥିତିର ମୁକାବିଲା ପାଇଁ ଜଳସେଚନ ପରିଚାଳନାରେ କଣ ପଦକ୍ଷେପ ଗ୍ରହଣ କରାଯାଉଛି ତାହା ସରକାର ସାର୍ବଜନୀନ କରନ୍ତୁ ବୋଲି ଶ୍ରୀ ପଟ୍ଟନାୟକ କହିଛନ୍ତି। ବାସ୍ତବତା ଦୃଷ୍ଟିରୁ ସ୍ୱଳ୍ପକାଳୀନ ଅମଳ ପାଇଁ ପ୍ରାମାଣିକ ବିହନ, ଉଠା ଜଳସେଚନ ପମ୍ପଗୁଡ଼ିକ କାର୍ଯ୍ୟକାରୀ, କେନାଲରେ ଖରିଫ୍ ପାଣି ଯୋଗାଣ, କୃଷି ବିଜ୍ଞାନ କେନ୍ଦ୍ର ଓ ବିଭିନ୍ନ ସରକାରୀ କୃଷି ଫାର୍ମରେ ତଳି ଉତ୍ପାଦନ କରାଯାଇ ତୁରନ୍ତ ଚାଷୀଙ୍କୁ ମାଗଣାରେ ତଳି ଯୋଗାଇ ଦେବା, ଆବଶ୍ୟକ ପରିମାଣର ପଟାସ ଓ ସୁପର ସାର ଗଚ୍ଛିତ ରଖିବା, ଚାଷୀଙ୍କୁ ମାଗଣା ବିଜୁଳି ଓ ଡିଜେଲ ପମ୍ପ ସେଟ୍ ସର୍ବାଧିକ ରିହାତି ମୂଲ୍ୟରେ ଯୋଗାଇ ଦେବା, ଡିପ୍ ବୋଲଓ୍ୱେଲକୁ ତ୍ୱରାନ୍ୱିତ, ଅଂଚଳଓ୍ୱାରୀ ମରୁଡ଼ି ସ୍ଥିତିର ସମୀକ୍ଷା ଓ ଏହାର ପ୍ରତିକାର ପାଇଁ ଆଶୁ ପଦକ୍ଷେପ ଏବଂ ଫସଲ ବୀମା ସମ୍ପର୍କରେ ଚାଷୀଙ୍କୁ ଉପଯୁକ୍ତ ତାଲିମ ପ୍ରଦାନ ସହିତ ଜଳବାୟୁ ପରିବର୍ତ୍ତନର ଦୃଷ୍ଟିପଟରେ କୃଷକଙ୍କ ଭୂମିକା ସମ୍ପର୍କରେ ଅଧିକ ସଚେତନ କରିବାକୁ ସରକାରଙ୍କ ନିକଟରେ କଂଗ୍ରେସ ଦଳ ପକ୍ଷରୁ ଶ୍ରୀ ପଟ୍ଟନାୟକ ଦୃଢ଼ ଦାବୀ କରିଛନ୍ତି।।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)



FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities
TUITION CLASSES
for Std I to Std V
Timing: 5 PM to 6.30 PM
MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884, 2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

## କନ୍ଧମାଳ ଜିଲ୍ଲାର ତିନି ଥାନା ଅଧିକାରୀଙ୍କ ବଦଳି

କନ୍ଧମାଳ, (ପି.ଏନ): କନ୍ଧମାଳ ଜିଲା ଦାରିଙ୍ଗବାଡି ଥାନା ଆଇଆଇସି କୌଶିକ ମାଝି ଏବଂ ବାଲିଗୁଡା ଆଇଆଇସି ବାବା ଶଙ୍କର ସରଫଙ୍କ ବଦଳି ହୋଇଯାଇଛି। କନ୍ଧମାଳ, ଗଜପତି, ଗଞ୍ଜାମ, ବ୍ରହ୍ମପୁର ଓ ବୌଦ୍ଧ ଜିଲ୍ଲାରୁ ମୋଟ ୧୭ ଜଣଙ୍କ ବଦଳି ହୋଇଥିବା ବେଳେ ସେଥିମଧ୍ୟରେ କୌଶିକଙ୍କୁ ଗଞ୍ଜାମ ଏସପିଙ୍କ ଅଂଚଳକୁ ବଦଳି ହୋଇଥିବା ବେଳେ ବାବା ଶଙ୍କରଙ୍କୁ ବ୍ରହ୍ମପୁର ଏସପିଙ୍କ ନିକଟକୁ ବଦଳି କରାଯାଇଛି। ସେହିପରି ଗୋଛାପଡା ଥାନା ଅଧିକାରୀ ରଞ୍ଜିତ କୁମାର ମୁନିଙ୍କୁ ବୌଦ୍ଧ ଜିଲାକୁ ବଦଳି ହୋଇଥିବା ଜଣାପଡିଛି। ସୂଚନା ଯୋଗ୍ୟ, କୌଶିକ ୨୦୧୯ ମସିହା ଅଗଷ୍ଟରେ ଦାରିଙ୍ଗବାଡି ଥାନାରେ ଦାୟିତ୍ୱ ଗ୍ରହଣ କରିଥିଲେ। ଦୀର୍ଘ ୪ ବର୍ଷ ଧରି ସେ ନିଜ ଦାୟିତ୍ୱ ଓ ଅଂଚଳରେ ଆଇନ ଶୃଙ୍ଖଳା ପରିସ୍ଥିତିକୁ ସଠିକ ଭାବରେ ତୁଲାଇ ରାଜ୍ୟ ପୋଲିସ ମୁଖ୍ୟ ଡିଜିପିଙ୍କ ଠାରୁ ପୁରସ୍କୃତ ହୋଇଥିଲେ। ଏହି ଥାନା ଗୁଡିକରେ ନୂତନ ଆଇଆଇଆସି ନିଯୁକ୍ତି ପାଇବା ପରେ ସେମାନେ ଏଠାରୁ ରିଲିଭ ହେବେ ବୋଲି ଜଣାପଡିଛି।

## ଜୀ-ସାର୍ଥକ ରଜକୁଇନ୍ ୨୦୨୩ ଗ୍ରାଣ୍ଡ ଫିନାଲେରେ ସିଦ୍ଧାନ୍ତ, ଶ୍ରୀତମ୍ ଓ ଏଲିନା

ଖୋର୍ଦ୍ଧା,(ପି.ଏନ):ଓଡ଼ିଶା ଟେଲି ଦୁନିଆର ସବୁ ଠାରୁ ଲୋକ ପ୍ରିୟ ରିୟଲିଟି ସୋ ହୋଇଛି ଜୀସାର୍ଥକର ରଜ କୁଇନ୍ ଉଡ଼ିଯା ଆକାଶଟା ତୋର। ରାଜ୍ୟର ସଂସ୍କୃତି ଓ ପରମ୍ପରାକୁ ନେଇ ଏହି ଲୋକ ପ୍ରିୟ ରିୟଲିଟି ସୋ ଏପ୍ରିଲ ୨୨ରୁ ଆରମ୍ଭ ହୋଇ ପ୍ରତ୍ୟେକ ଶନିବାର ଓ ରବିବାର ରାତି ୯.୩୦ ମିନିଟ୍‌ରେ ପ୍ରସାରିତ ହୋଇ ଆସୁଛି ଓଡ଼ିଶାର ୧ ନମ୍ବର ମନୋରଂଜନ ଚ୍ୟାନେଲ ଜୀସାର୍ଥକରେ। ୧୧ ବର୍ଷରେ ପଦାର୍ପଣ କରୁଥିବା ଜୀସାର୍ଥକର ଏହି ରିୟଲିଟି ସୋ ଆଗରୁ ବହୁ ବିଜେତା ଓ ପ୍ରତିଯୋଗୀଙ୍କ ଭବିଷ୍ୟତ ଗଢିବାରେ ଏକ ପ୍ରମୁଖ ମାଧ୍ୟମ ହୋଇପାରିଛି। ବିଜେତା ମାନେନ ଚଳଚିତ୍ର ଓ ଧାରାବାହିକରେ ଅଭିନୟ ସୁଯୋଗ ପାଇବା ସହ ନିଜର ଭବିଷ୍ୟତକୁ ଉଜ୍ଜ୍ୱଳ କରିପାରିବେ। ଏଥର ମଧ୍ୟ ବହୁତ ବଡ଼ ଆକାରରେ ଆରମ୍ଭ ହୋଇଥିବା ରଜ କୁଇନ୍ ୨୦୨୩ ରିୟଲିଟି ସୋ ପହଂଚିଛି ତାର ଶେଷ ପାହାଚରେ। ପ୍ରତିଯୋଗୀମାନେ ଉଚ୍ଚ ହସ୍ତର ପ୍ରଦର୍ଶନ ଜାରି ରଖିଛନ୍ତି ହେଲେ ଏହି ପ୍ରତିଯୋଗିତା ପହଂଚିଛି ତାର ଶେଷ ପର୍ଯ୍ୟାୟରେ। ଆସନ୍ତା ରବିବାର ସନ୍ଧ୍ୟା ୬.୩୦ରେ ଦେଖିବେ ଓଡ଼ିଶା ଟେଲି ଦୁନିଆର ସବୁ ଠାରୁ ଲୋକ ପ୍ରିୟ ରିୟଲିଟି



ସୋ ରଜ କୁଇନ୍ ଉଡ଼ିଯା ଆକାଶଟା ତୋର ଗ୍ରାଣ୍ଡ ଫିନାଲେ କେବଳ ଜୀସାର୍ଥକରେ। ବହୁ ପ୍ରତିଭାବାନ ପ୍ରତିଯୋଗି ମାନଙ୍କୁ ନେଇ ଏହି ରିୟଲିଟି ସୋ ବିଭିନ୍ନ ପ୍ରତିଯୋଗିତାମାନ ରାଉଣ୍ଡ ଦେଇ ଗତି କରିବା ସହ ଏଲିମିନେସନ୍ ରାଉଣ୍ଡ ଶେଷରେ ୧୨ ଜଣ ପ୍ରତିଯୋଗୀଙ୍କୁ ନେଇ ତାର ଗ୍ରାଣ୍ଡ ଫିନାଲେରେ ପହଂଚିଛି। ଆଉ ଗ୍ରାଣ୍ଡ ଫିନାଲେର କାରଣ ହେଉଛି ଫିନାଲେରେ ରହିବ ୩୦ରୁ ଅଧିକ ପ୍ରଦର୍ଶନ। ଦର୍ଶକଙ୍କୁ ଭରପୁର ମନୋରଂଜନ ଦେଇ ରଜ କୁଇନ ଏଥର ବହୁଳ ଭାବରେ ଲୋକାଦୃତ ହୋଇଛି। ଏହି ରିୟଲିଟି ସୋର ବିଜେତା ନିଶ୍ଚୟ ଭାବରେ ଓଡ଼ିଆ ମନୋରଂଜନ ଦୁନିଆରେ ବହୁ ସୁଯୋଗର ହକ୍‌ଦାର ହେବେ। ଏହି ରିୟଲିଟି ସୋର ପ୍ରମୁଖ ଆକର୍ଷଣ ଚାଲିଥିବା ଓଡ଼ିଆ ସିନେମା ଜଗତର ତିନି ଲୋକ ପ୍ରିୟ କଳାକାର ସିଦ୍ଧାନ୍ତ ମହାପାତ୍ର, ଏଲିନା ସାମନ୍ତରାୟ ଓ ଶ୍ରୀତମ ଦାସଙ୍କ ପରି ବିଚାରକମାନେ ପ୍ରତିଯୋଗୀଙ୍କୁ ତାଙ୍କ ଦକ୍ଷତା ଅନୁଯାୟୀ ପରଖିବେ। ଏହି ପ୍ରତିଯୋଗିତାର ଗ୍ରାଣ୍ଡ ଫିନାଲେ ବହୁତ ଦର୍ଶନୀୟ ହେବ ଓ ଏହି ଫିନାଲେରେ ବିଭିନ୍ନ ପ୍ରଦର୍ଶନ ଦେଖିପାରିବେ। ତେଣୁ ଯୋଡ଼ି ହୋଇ ରୁହନ୍ତୁ ଜୀସାର୍ଥକ ସହ କହିଛନ୍ତି ଜୀସାର୍ଥକର ଚିଫ୍‌କ୍ଲଷ୍ଟର ହେଡ଼ ସମ୍ରାଟ ଘୋଷ ଏବଂ ଚିଫ୍ ଚ୍ୟାନେଲ ଅଫିସର ପ୍ରତିକ ସିଲ୍।

## ସ୍ୱାସ୍ଥ୍ୟ ବୀମା କ୍ରୟ କ୍ଷେତ୍ରରେ ପୂର୍ବ ଭାରତ ଅଧିବାସୀଗଣ ବ୍ୟାଙ୍କ ଓ ସରକାରୀ ବ୍ରାଣ୍ଡକୁ ପସନ୍ଦ କରନ୍ତି: ପଲିସୀବଜାର

ଭୁବନେଶ୍ୱର,(ପି.ଏନ): ଭାରତର ସର୍ବବୃହତ୍ ଅନ୍‌ଲାଇନ ବୀମା ବଜାରସ୍ଥଳ ପଲିସୀବଜାର ଡଟ୍ କମ୍ ଏକ ଉପଭୋକ୍ତା ଅନ୍ତର୍ଦୃଷ୍ଟି ରିପୋର୍ଟ 'ହାଓ ଇଣ୍ଡିଆ ବାଏଜ୍ ଇନ୍‌ସ୍ୟୁରାନ୍ସ' ଶୀର୍ଷକରେ ଉନ୍ମୋଚନ କରିଛି। ଏହି ରିପୋର୍ଟ ସ୍ୱାସ୍ଥ୍ୟ ଓ ଜୀବନ ବୀମା କ୍ରୟ ଦୃଷ୍ଟିରୁ ଉପଭୋକ୍ତା ସଚେତନତା, ଆବଶ୍ୟକତା ଏବଂ ଦ୍ୱନ୍ଦ୍ୱ ସମ୍ପର୍କରେ ପୂର୍ଣ୍ଣାଙ୍ଗ ଦୃଶ୍ୟପଟ୍ଟ ଯୋଗାଇ ଦେଉଛି। ଏହି ଗବେଷଣାରେ ଭାରତର ମେଟ୍ରୋ, ଟିୟର ୧ ଓ ଟିୟର ୨ ସହର ସମେତ ୨୭ଟି ସହରରୁ ୩୩୦୦ରୁ ଅଧିକ ଲୋକଙ୍କର କ୍ରୟ କରିବାର ମାନସିକତା ସମ୍ପର୍କରେ ପରୀକ୍ଷା ନିରୀକ୍ଷା କରାଯାଇଛି। ଏହି ଅଧ୍ୟୟନ ସହିତ ପଲିସୀବଜାର ପରିବର୍ତ୍ତିତ ଉପଭୋକ୍ତା ଆବଶ୍ୟକତାକୁ ଗଭୀର ଭାବରେ ବୁଝିବା ପ୍ରୟାସ କରିଛି ଏବଂ ତଦ୍ୱାରା ବୀମା ଶିଳ୍ପକୁ ଏହାର ନିମ୍ନ ବୀମା ପ୍ରଚଳନରେ ଉନ୍ନତି ଆଣିବାରେ ସହାୟତା କରୁଛି। ଏହି ରିପୋର୍ଟ ଉନ୍ମୋଚନ ଅବସରରେ ସର୍ବବୀର ସିଂହ, ସିଇଓ, ପଲିସୀବଜାର କହିଥିଲେ, ସମ୍ପୂର୍ଣ୍ଣ ବୀମାକୃତ ଭାରତ ନିମନ୍ତେ ଆଇଆରଡିଏଆଇ ରଖିଥିବା ଲକ୍ଷ୍ୟ ଅନୁଯାୟୀ ପଲିସୀବଜାର ସର୍ବାଧିକ ବୀମା ପ୍ରଚଳନ ନିମନ୍ତେ ପ୍ରୟାସ କରୁଛି। ସେହି ଲକ୍ଷ୍ୟ ହାସଲ କରିବା ନିମନ୍ତେ ଆମକୁ ଉପଭୋକ୍ତାଙ୍କର ପରିବର୍ତ୍ତିତ ଆବଶ୍ୟକତା ସମ୍ପର୍କରେ ଗଭୀର ଭାବରେ ବୁଝିବାର ଆବଶ୍ୟକତା ରହିଛି। ଏକାଧିକ ପର୍ଯ୍ୟାୟ ମୁହାଁ-ମୁହିଁ କଥୋପକଥନ ଓ ଆଲୋଚନା ଦ୍ୱାରା ଏହି ଗବେଷଣା କାଳରେ ଆମେ ଟିୟର ୧ ଓ ଟିୟର ୨ ସହର ଊର୍ଦ୍ଧ୍ୱକୁ ଯାଇଛୁ ଏବଂ ଭାରତର ଟିୟର ୩ ସହରଗୁଡିକରେ ସମ୍ଭାବନା ଅନୁଧ୍ୟାନ କରିଛୁ। ଆମେ ଆଶା କରୁଛୁ ଯେ ଆମ ଗବେଷଣାରୁ ପ୍ରସ୍ତୁତ ଅନ୍ତର୍ଦୃଷ୍ଟି ବୀମା ଶିଳ୍ପରୁ ଅଧିକରୁ ଅଧିକ ଉପଯୋଗୀ ଏବଂ ଉପଭୋକ୍ତା କୈନ୍ଦ୍ରିକ ସମାଧାନ ପ୍ରସ୍ତୁତ ହେବା ନିମନ୍ତେ ପଥ ମଜଭୁତ ହୋଇପାରିବ। ସର୍ବେକ୍ଷଣର କିଛି ପ୍ରମୁଖ ଟିପ୍ପଣୀ ଏଠାରେ ପ୍ରଦତ୍ତ ହୋଇଛି: ସର୍ବେକ୍ଷଣରେ ସାମିଲ ପ୍ରାୟ ୮୦%ଙ୍କ ନିମନ୍ତେ ବୀମା ବିଷୟ ବିଚାର କରିବାରେ ବନ୍ଧୁ ବାନ୍ଧବ ଓ ପରିବାର ଅଥବା ଜଣେ ପରିଚିତ ଏଜେଣ୍ଟଙ୍କ ବ୍ୟକ୍ତିଗତ ସୁପାରିଶ ମୁଖ୍ୟ ପ୍ରେରଣା ହେଉଛି। ୫୬%ଙ୍କ କ୍ଷେତ୍ରରେ ବନ୍ଧୁ ବାନ୍ଧବ ଏବଂ ପରିବାରଙ୍କ ସୁପାରିଶ ସ୍ୱାସ୍ଥ୍ୟ ବୀମା ଖରିଦ କରିବା ମୁଖ୍ୟ ପ୍ରେରଣା ମାଧ୍ୟମ ହୋଇଥିବାବେଳେ ଜୀବନ ବୀମା କ୍ଷେତ୍ରରେ ଏହି ସଂଖ୍ୟା ୫୪% ରହିଛି। ଏହାବ୍ୟତୀତ ବ୍ରାଣ୍ଡ ପରିଚିତ ଏବଂ ଶ୍ରେଷ୍ଠତା ବିଶ୍ୱାସଭାବ ସୃଷ୍ଟିରେ ଏକ ମୁଖ୍ୟ ଭୂମିକା ଗ୍ରହଣ କରୁଥିବା ଜଣାଯାଇଛି। ଯଥାକ୍ରମେ ୫୮% ଏବଂ ୬୪% ସର୍ବେକ୍ଷଣ ଅଂଶଗ୍ରହଣକାରୀ କହିଥିଲେ ଯେ, ସେମାନେ ପରିଚିତ ଥିବା ଅଥବା ସେମାନଙ୍କ ନିକଟରେ ଦୀର୍ଘଦିନ ଧରି ରହିଥିବା ବ୍ରାଣ୍ଡଗୁଡିକୁ ବିଶ୍ୱାସ କରନ୍ତି, ଯେତେବେଳେ ସ୍ୱାସ୍ଥ୍ୟବୀମା ଏବଂ ଜୀବନ ବୀମା କ୍ରୟ ପ୍ରସଙ୍ଗ ଆସିଥାଏ। ଉଭୟ ସ୍ୱାସ୍ଥ୍ୟ ଓ ଜୀବନ ବୀମା କ୍ରୟ କ୍ଷେତ୍ରରେ ଯେଉଁ ଦୁଇଟି କାରଣ ପ୍ରତିବନ୍ଧକ ହେଉଛି ସେଥିରେ ରହିଛି ସୁଲଭତା ପ୍ରସଙ୍ଗ ଏବଂ ଉତ୍ପାଦକୁ ବୁଝିବାରେ ଅସୁବିଧା। ୪୦% ସର୍ବେକ୍ଷଣ ଅଂଶଗ୍ରହଣକାରୀ ଅଧିକ ପ୍ରିମିୟମ୍‌କୁ ସ୍ୱାସ୍ଥ୍ୟ ଓ ଜୀବନ ବୀମା କ୍ରୟ ନକରିବାର କାରଣ ଦର୍ଶାଇଥିବାବେଳେ ପ୍ରାୟ ୫୩% ଉତ୍ପାଦ/ପଦ୍ଧତି ବୁଝିବା କଷ୍ଟକର ବୋଲି ଲକ୍ଷ୍ୟ କରିଥିବା କହିବା ସହିତ ସେଥିରୁ ବିରତ ରହିଥିବା ପ୍ରକାଶ କରିଥିଲେ। ତେଣୁ ଏହି ବର୍ଗର ଜନସାଧାରଣଙ୍କ ନିମନ୍ତେ ଉପଯୁକ୍ତ ଶିକ୍ଷାର ସ୍ପଷ୍ଟ ଆବଶ୍ୟକତା ରହିଥିବା ତଥା ଅଧିକ ସୁଲଭ ବିକଳ୍ପ ଉପଲବ୍ଧ କରାଯିବାକୁ ସୂଚାଉଛି। ଏହି ଶିକ୍ଷା ଯେତେ ଶୀଘ୍ର ଆରମ୍ଭ କରାଯିବ, ଜନସାଧାରଣଙ୍କ ଘରେ ତାହା ପହଞ୍ଚିବା ସେତେ ଅଧିକ ସହଜ ହୋଇପାରିବ। ସ୍ୱାସ୍ଥ୍ୟ ଓ ଜୀବନ ବୀମା କ୍ଷେତ୍ରରେ ପ୍ରାୟ ୮୦% ଲୋକ ପଲିସୀ କ୍ରୟ ପୂର୍ବରୁ ଅନ୍‌ଲାଇନରେ ସୂଚନା ଖୋଜିଥିବା ଜଣାଯାଇଥିଲା। ତେବେ ୮୫%ରୁ ଅଧିକ ଲୋକ ବସ୍ତୁତଃ ସେମାନେ ଜାଣିଥିବା ଜଣେ ଏଜେଣ୍ଟ ଅଥବା ସେମାନଙ୍କ ବନ୍ଧୁ ବାନ୍ଧବ ଏବଂ ପରିବାର ସୁପାରିଶରେ ଅଫ୍‌ଲାଇନରେ ପଲିସୀ କ୍ରୟ କରିଥିଲେ।

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray